੨੬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.149 Bhubaneswar Thursday July 18 2024 | ୨୬ତମ ବର୍ଷ ସଂଖ୍ୟା-୧୪୯ ଭୁବନେଶ୍ୱର, ଗୁରୁବାର, ଜୁଲାଇ ୧୮, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) Member-INS

## ବଡ ଧରଣର ଏନକାଉଣ୍ଟର, ୧୨ ନକ୍ସଲ ନିହତ



ଭୁବନେଶ୍ୱର,୧୭ ।୭(ପି.ଏନ):ମହାରାଷ୍ଟ୍ର ଗଡଚ଼ିରୋଲି ନିକଟସ୍ଥ ଜଙ୍ଗଲରେ ଆଜି ପୁଲିସର ଏନ୍‌କାଉଣ୍ଟରରେ ୧୨ ଜଣ ନକ୍ସଲ ନିହତ ହୋଇଛନ୍ତି। ଏହି ଘଟଣାରେ ଜଣେ ସବ୍-ଇନ୍ସପେକ୍ଟରଙ୍କ ସମେତ ଦୁଇ ଜଣ ସୁରକ୍ଷାକର୍ମୀ ଆହତ ହୋଇଛନ୍ତି ।ଗଡଚ଼ିରୋଲି ଏସ୍‌ପି କହିଛନ୍ତି, ଏନ୍‌କାଉଣ୍ଟର ପରେ ଘଟଣାସ୍ଥଳରୁ ପୁଲିସ୍ ୧୨ ଜଣ ନକ୍ସଲଙ୍କ ମୃତଦେହକୁ ଜବତ କରିଛି। ୩ଟି ଏକେ ୪୭, ୨ଟି ଇନ୍‌ସାସ୍ ରାଇଫଲ, ଗୋଟିଏ କାରବାଇ ଓ ଗୋଟିଏ ଏସ୍‌ଏଲ୍‌ଆର ଭଳି ଅତ୍ୟାଧୁନିକ ବନ୍ଧୁକ ଜବତ କରାଯାଇଛି ।ଏସ୍‌ପି କହିଛନ୍ତି, ଆଜି ଅପରାହ୍ନରେ ଏହି ଏନ୍‌କାଉଣ୍ଟର ହୋଇଥିଲା। ଉ୬୦ କୋମାଣ୍ଡୋ ଓ ନକ୍ସଲଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଥିଲା। ୬ ଘଣ୍ଟା ଧରି ଗୁଳିବିନିମୟ ଚ଼ାଲିଥିଲା। ଏଥିରେ ଉ୬୦ର ଜଣେ ସବ୍-ଇନ୍ସପେକ୍ଟର ଓ ଜଣେ ଯବାନ ଆହତ ହୋଇଛନ୍ତି। ସେମାନେ ବିପଦମୁକ୍ତ ଅଛନ୍ତି। ସେମାନଙ୍କୁ ଘଟଣାସ୍ଥଳରୁ ଉଦ୍ଧାର କରି ଚ଼ିକିତ୍ସା ପାଇଁ ନାଗପୁର ସ୍ଥାନାନ୍ତର କରାଯାଇଥିଲା।

## ରାଜ୍ୟ ଯୋଜନା ବୋର୍ଡ ଭାଙ୍ଗିଦେଲେ ମୋହନ ସରକାର



ଭୁବନେଶ୍ୱର,୧୭ ।୭(ପି.ଏନ): ରାଜ୍ୟରେ ମୁଖ୍ୟମନ୍ତ୍ରୀ ମୋହନ ଚ଼ରଣ ମାଝୀଙ୍କ ନେତୃତ୍ୱାଧୀନ ବିଜେପି ସରକାର ଆଜି ରାଜ୍ୟ ଯୋଜନା ବୋର୍ଡକୁ ଭାଙ୍ଗି ଦେଇଛନ୍ତି । ଏହାସହିତ ରାଜ୍ୟ ଯୋଜନା ବୋର୍ଡ ନୂଆ ଢଙ୍ଗରେ ପୁର୍ନଗଠନ ହେବାର ସମ୍ଭାବନା ସୃଷ୍ଟି ହୋଇଛି । ରାଜ୍ୟ ଯୋଜନା ବୋର୍ଡ ଭାଙ୍ଗିବା ପାଇଁ ଆସିଥିବା ପ୍ରସ୍ତାବକୁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଅନୁମୋଦନ କରିଛନ୍ତି ବୋଲି ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ସୂଚ଼ନା ଦିଆଯାଇଛି । ଏପଟେ ରାଜ୍ୟ ଯୋଜନା ବୋର୍ଡ ଭଙ୍ଗାଯିବା ପରେ ତାକୁ ବିଜେପି ସରକାର ଅଧିକ ପେଷାଦାର ଢଙ୍ଗରେ ପୁର୍ନଗଠନ କରିବେ ବୋଲି ସୂଚ଼ନା ମିଳିଛି ।

## ମହାପ୍ରଭୁଙ୍କ ଦୁର୍ଲଭ ସୁନାବେଶ ଦେଖି ଭକ୍ତ ହେଉଛନ୍ତି ଭାବବିହ୍ୱଳ, ବଡଦାଣ୍ଡ ଲୋକାରଣ୍ୟ



ପୁରୀ,୧୭ ।୭(ପି.ଏନ): ସିଂହଦ୍ୱାର ସମ୍ମୁଖରେ ଶ୍ରୀଜିଉମାନେ ଭକ୍ତମାନଙ୍କୁ ସୁନାବେଶରେ ଥାଇ ଦର୍ଶନ ଦେଉଛନ୍ତି। ମଥାରେ ସୁନାର କିରିଟ ସାଙ୍ଗକୁ କାନରେ ସୁନାର କୁଣ୍ଡଳ। କମରରେ ସୁନାର କମରପଟି, ପାଦରେ ଶ୍ରୀପୟର। ବଡଠାକୁର ଶ୍ରୀବଳଭଦ୍ରଙ୍କ ହସ୍ତରେ ସୁବର୍ଣ୍ଣର ହଳମୁଷଳ, ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ହସ୍ତରେ ସୁବର୍ଣ୍ଣର ଚ଼କ୍ର ଓ ରୁପାର ଶଙ୍ଖ। ମା’ ସୁଭଦ୍ରାଙ୍କ ସୁବର୍ଣ୍ଣର ତଡଗି(କର୍ଣ୍ଣାଳଙ୍କାର)। ସାଙ୍ଗକୁ ରତ୍ନଖଚ଼ିତ ଘାଗଡା ମାଳି, ବାହାଡା ମାଳି, ତାବିଜ ମାଳି, ହରିଡା କଦମ୍ବ ମାଳି, ବାଘନଖୀ ମାଳି, ସେବତୀ ମାଳି, ତିଳକ, ଆଡକାନି, ଚ଼ନ୍ଦ୍ର-ସୂର୍ଯ୍ୟ, ଅଳକା, ଓଡିଆଣୀ, ଚ଼ନ୍ଦ୍ରିକା ଆଦି ଆଭୂଷଣ। ଧରାପୃଷ୍ଠରେ ଆଜି ଏଭଳି ମାନବୀୟ ଲୀଳା ଖେଳିଛନ୍ତି କୋଟି କେ?ବଲ୍ୟନାଥ ବ୍ରହ୍ମାଣ୍ଡ ଠାକୁର। ପାଦରୁ ମସ୍ତକ ମହଣ ମହଣ ସୁବର୍ଣ୍ଣ ଅଳଙ୍କାରରେ ଆଭୂଷିତ ହୋଇ ଅଗଣିତ ଭକ୍ତଙ୍କୁ ରଥ ଉପରୁ ଦେଉଛନ୍ତି ଦର୍ଶନ। ମହାବାହୁଙ୍କୁ ମନଭରି ଦେଖିବାପାଇଁ ଆତୁର ଭକ୍ତ ବି ଏହି ଅପୂର୍ବ ରୂପ ଦର୍ଶନ କରି ଅଭିଭୂତ ହୋଇଛନ୍ତି। ଏଥିପାଇଁ ବଡଦାଣ୍ଡ ଲୋକାରଣ୍ୟ ହୋଇଛି। ଲକ୍ଷାଧିକ ଶ୍ରଦ୍ଧାଳୁ ଚ଼ତୁର୍ଦ୍ଧା ବିଗ୍ରହଙ୍କ ସୁନାବେଶର ଦର୍ଶନ ପାଇ କୃତାର୍ଥ ମଣିଛନ୍ତି। ସକାଳୁ ଶ୍ରୀକ୍ଷେତ୍ରକୁ ଭକ୍ତଙ୍କ ସୁଅ ଛୁଟିଛି। ସନ୍ଧ୍ୟା ହୋଇଯାଇଥିବାରୁ ବଡଦାଣ୍ଡ ଜନସମୁଦ୍ର ପାଲଟିଛି। ନବଦିନାତ୍ମକ ଶ୍ରୀଗୁଣ୍ଡିଚ଼ା ଯାତ୍ରା ସାରି ଶ୍ରୀମନ୍ଦିର ସିଂହଦ୍ୱାରକୁ ବାହୁଡିବା ପରେ ଆଜି ଅପରୂପ ଓ ଅନନ୍ୟ ସୁନାବେଶରେ ଦର୍ଶନ ଦେଉଛନ୍ତି ମହାବାହୁ। ଆଷା? ଶୁକ୍ଳ ଏକାଦଶୀ ତିଥିରେ ବୁଧବାର ସିଂହଦ୍ୱାରରେ ଦଣ୍ଡାୟମାନ ତିନିରଥରେ ବଡଠାକୁର ଶ୍ରୀବଳଭଦ୍ର, ଦେବୀ ସୁଭଦ୍ରା ଓ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ରମଣୀୟ ସୁନ?ାବେଶ ଅନୁଷ୍ଠିତ ହୋଇଛି। ଏଥିପାଇଁ ବଡଦାଣ୍ଡରେ ଭକ୍ତିମୟ ପରିବେଶ ଦେଖିବାକୁ ମିଳିଛି। ଭକ୍ତଙ୍କ ହରିବୋଲ, ହୁଳହୁଳି, ଜୟ ଜଗନ୍ନାଥ ଡାକରେ ଆଜି ବି ଖଣ୍ଡମଣ୍ଡଳ ପ୍ରକମ୍ପିତ ହୋଇଛି। ବର୍ଷକ ପରେ ଭାବ ବିନୋଦିଆ କାଳିଆ ସାଆନ୍ତଙ୍କୁ ସୁନାବେଶରେ ଦେଖି ଭକ୍ତ ବି ଭାବବିହ୍ୱଳ ହୋଇଛନ୍ତି।

## କଟକ ବଡ ଡାକ୍ତରଖାନାରେ ବଡ ବିବାଦ, କାର୍ଯ୍ୟବନ୍ଦ ଡାକରା ଦେଲା ହାଉସ ସର୍ଜନ ସଂଘ, ନର୍ସିଂ ଷ୍ଟାଫଙ୍କ ସହ ହୋଇଛି ଝଗଡା



କଟକ,୧୭ ।୭(ପି.ଏନ): କଟକ ବଡ ମେଡିକାଲରେ ବଡ ବିବାଦ ସାମ୍ନାକୁ ଆସିଛି । ହାଉସ ସର୍ଜନ ଓ ନର୍ସିଂ ଷ୍ଟାଫଙ୍କ ଲଢେଇ ଏବେ ବଡରୂପ ନେଇଛି । ଫଳରେ ଗତକାଲି ହାଉସ ସର୍ଜନ ସଂଘ ବିବାଦକୁ ନେଇ ଧାରଣାରେ ବସିଥିଲା । କଟକ ବଡ ଡାକ୍ତରଖାନା ଅଧକ୍ଷ ମଧ ଏହାର ସମାଧାନ କରି ପାରି ନାହାନ୍ତି । ଫଳରେ ହାଉସ ସର୍ଜନ ସଂଘ ଆଜି କାର୍ଯ୍ୟବନ୍ଦ ଡାକରା ଦେଇଛି । ଯାହାଦ୍ୱାରା ସାଧାରଣ ନିରୀହ ରୋଗୀ ଏହାର ଶିକାର ହେଉଛନ୍ତି ।ପ୍ରକାଶଥାଉ ଯେ, ସୋମବାର କଟକ ବଡ ମେଡିକାଲରେ ମେଡିସିନ ବିଭାଗରେ ରୋଗୀଙ୍କୁ ଦେଖିବା ସମୟରେ ଜଣେ ଡାକ୍ତର ଓ ନର୍ସଙ୍କ ମଧ୍ୟରେ କଥା କଟାକୁଟି ହୋଇଥିଲା । ଯାହାଫଳରେ ଏହି ବିବାଦ ଆରମ୍ଭ ହୋଇଛି । କଟକ ବଡ ଡାକ୍ତରଖାନାରେ କାର୍ଯ୍ୟରତ ପ୍ରାୟ ୨୫୦ ହାଉସ ସର୍ଜନ ଆଜି ଅନିର୍ଦ୍ଦିଷ୍ଟକାଳ ପର୍ଯ୍ୟନ୍ତ କାର୍ଯ୍ୟବନ୍ଦ ଡାକରା ଦେଇଛନ୍ତି । ନର୍ସଙ୍କ ସହ ଡାକ୍ତର ଦୁଃର୍ବବ୍ୟହାର କରିବାର ଅଭିଯୋଗ ଆଣି ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରିଛନ୍ତି । ସେପଟେ ଏସସିବି ଅଧିକ୍ଷକ ଡାକ୍ତର ସୁଧାଂଶୁ ଶେଖର ମିଶ୍ର ଏହାର ଶାନ୍ତିପୂର୍ଣ୍ଣ ସାମାଧାନ ପାଇଁ ଅନୁରୋଧ କରିଛନ୍ତି ଉଭୟ ପକ୍ଷଙ୍କୁ । ସେ କହିଛନ୍ତି ଯେ ଉଭୟ ହାଉସ ସର୍ଜନ ଓ ନର୍ସିଂ ଷ୍ଟାଫଙ୍କ ଏହି ବିବାଦ ଯୋଗୁଁ ସାଧାରଣ ରୋଗୀଙ୍କ ସେବା ବାଧାପ୍ରାପ୍ତ ହେବ । ତେବେ ଦେଖିବାକୁ ରହିଲା ସାଧାରଣରୁ ଅସାଧାରଣ ହୋଇ ସାରିଥିବା ଏହି ବିବାଦର କେବେ ପରିସମାପ୍ତି ଘଟୁଛି ଓ ସାଧାରଣ ରୋଗୀ ସେବା ପୁନଃ ସୁରୁଖୁରୁରେ ଚ଼ାଲୁଛି ।

## ଜାତିସଂଘ ଦ୍ୱାରା ପ୍ରବାସୀ ଶ୍ରମିକମାନଙ୍କ ପାଇଁ ପ୍ରସ୍ତୁତ ଅନ୍ତଃର୍ଦେଶିୟ ପ୍ରବାସୀ ଶ୍ରମିକ ନିୟମଗୁଡ଼ିକୁ କେନ୍ଦ୍ର ସରକାର ସ୍ୱାକ୍ଷର ସ୍ୱୀକୃତି ପ୍ରଦାନ କରିବାକୁ ଦାବୀ

ଭୁବନେଶ୍ୱର,୧୭ ।୭(ପି.ଏନ) : ଜାତିସଂଘ ଦ୍ୱାରା ୨୦୧୭ ରେ ପ୍ରସ୍ତୁତ ଓ ୨୦୧୮ ରେ ମରକୋଟ୍ ଠାରେ ୧୨୧ ଟି ଦେଶ ଦ୍ୱାରା ଅନୁମୋଦିତ ଏବଂ ପ୍ରସ୍ତୁତ ପ୍ରବାସୀ ଶ୍ରମିକମାନଙ୍କ ପାଇଁ ଅନ୍ତର୍ଦେଶୀୟ ଚୁକ୍ତିନାମାକୁ ଭାରତ ସରକାର ସ୍ୱାକ୍ଷର ଏପର୍ଯ୍ୟନ୍ତ ଚୁକ୍ତିନାମା ସ୍ୱାକ୍ଷର କରିନାହାନ୍ତି। ଏଥିରେ ସଂପୃକ୍ତ ୨୩ ଟି ଅନୁଚ୍ଛେଦ ଓ ୧୨ ଟି ଆଇନ୍ କାର୍ଯ୍ୟକ୍ରମ କରିବାକୁ ଉଦ୍ଦିଷ୍ଟ ଅଛି। ବିଶ୍ୱର ୧୨୧ ଟି ଦେଶ ଏ ଯୁକ୍ତିନାମା ସ୍ୱାକ୍ଷର କରି ଏହାକୁ ତାଙ୍କ ଦେଶରେ ପ୍ରଚଳନ କରିଥିଲେ ବି ଆମ ଭାରତ ସରକାର ଏପର୍ଯ୍ୟନ୍ତ ଏ ଚୁକ୍ତିରେ ସ୍ୱାକ୍ଷର ନକରି ପ୍ରବାସୀ ଶ୍ରମିକ ମାନଙ୍କୁ ସୁରକ୍ଷା ପ୍ରଦାନ କରିବାରେ ବିଫଳ ହୋଇଛନ୍ତି। ଗତ ତା. ୧୬ ଏବଂ ୧୭ ଜୁଲାଇ ମାସରେ ଦୀଲ୍ଲିସ୍ଥିତ ଆଇ.ଟି.ସି. ୱେଲକମ୍ ହୋଟେଲ ଠାରେ ଆନ୍ତର୍ଜାତିକ ନିର୍ମାଣ କର୍ମଚାରୀ ମହାସଂଘ (ବି.ଡବ୍ଲ୍ୟୁ.ଆଇ) ସହବନ୍ଧିତ ୪୫ ଟି ଶ୍ରମିକ ୟୁନିଅନ ସଂଗଠନର ମିଳିତ ବୈଠକରେ ଦାବି କରାଯାଇଛି। ଏହି ବୈଠକରେ ୪୩ ଜଣ ମହିଳାଙ୍କ ସମେତ ୪୫ ଟି ୟୁନିଅନର ୧୦୦ ପ୍ରତିନିଧି ଯୋଗ ଦେଇଥିଲେ। ଭାରତରେ ନିର୍ମାଣ ଶ୍ରମିକ ଶ୍ରମ ମଙ୍ଗଳ ବୋର୍ଡ଼ର କାର୍ଯ୍ୟକାରିତା, ରାଜ୍ୟ ସରକାର ଓ ବିଭିନ୍ନ ରାଜନୈତିକ ଦଳର ହସ୍ତକ୍ଷେପ, ସ୍ୱାସ୍ଥ୍ୟ ନିରାପତ୍ତା, ସାମାଜିକ ସୁରକ୍ଷା, ଦୁର୍ଘଟଣା, ପ୍ରବାସୀ ଶ୍ରମିକ ସମସ୍ୟା, ମହିଳା ଶ୍ରମିକ ମାନଙ୍କର ସମସ୍ୟା, ବେକାର ସମସ୍ୟା ଓ କର୍ମଚାରୀ ରାଜ୍ୟ ସ୍ୱାସ୍ଥ୍ୟବୀମା ଯୋଜନାର କାର୍ଯ୍ୟକାରିତା ଓ ପର୍ଯ୍ୟାବରଣ, ଜଙ୍ଗଲ ସୁରକ୍ଷା ଓ ବନିକରଣ କାର୍ଯ୍ୟକ୍ରମକୁ ତ୍ୱରାନ୍ୱିତ କରିବା ପାଇଁ ଆଲୋଚନା ହେବା ସହିତ ଶ୍ରମିକ ବିରୋଧି ୪ଟି ଲେବର କୋର୍ଡ଼ ବିଷୟରେ ୨ ଦିନ ଧରି ଆଲୋଚନା ହୋଇଥିଲା। ନିର୍ମାଣ ଶ୍ରମିକ କଲ୍ୟାଣ ବୋର୍ଡ଼ର ସଫଳ କାର୍ଯ୍ୟକାରିତା ନ ହେବା ଏବଂ ଏ ସଂପର୍କୀୟ ହେଉଥିବା ବିଭିନ୍ନ ଭୁଲ୍ ତ୍ରୁଟି ସମ୍ବନ୍ଧରେ ସୁଧାର ଆଣିବା ପାଇଁ କେନ୍ଦ୍ର ସରକାର ସମସ୍ତ ରାଜ୍ୟ ସରକାର, ଶ୍ରମିକ କଲ୍ୟାଣ ବୋର୍ଡ଼ର ଅଧ୍ୟକ୍ଷ, ନିର୍ମାଣ ଠିକାଦାର ସଂଘ ଓ ଶ୍ରମିକ ସଂଗଠନମାନଙ୍କୁ ଡାକି ଏକ ଜାତୀୟ ସ୍ତରର ସମିକ୍ଷା ବୈଠକ କରିବା ପାଇଁ ଦାବୀ କରାଯାଇଛି।

## ରାତି ପାହିଲେ ଖୋଲିବ ମହାପ୍ରଭୁଙ୍କ ଭିତର ରତ୍ନଭଣ୍ଡାର, ସାଧାରଣ ଭକ୍ତଙ୍କ ପ୍ରବେଶ ନେଇ ଲାଗିବ କଟକଣା



ପୁରୀ,୧୭ ।୭(ପି.ଏନ): ମହାପ୍ରଭୁଙ୍କ ବାହାର ରତ୍ନଭଣ୍ଡାର ଗତ ୧୪ ତାରିଖ ଦିନ ଖୋଲିସାରିଛି। ଆସନ୍ତାକାଲି ଭିତର ରତ୍ନଭଣ୍ଡାର ଖୋଲିବ। ମହାପ୍ରଭୁଙ୍କ ଏହି ରତ୍ନଭଣ୍ଡାର ସକାଳ ୯ଟା ୫୧ରୁ ୧୨ଟା ୧୫ର ମଧ୍ୟରେ ଖୋଲାଯିବ। ଭିତର ରତ୍ନଭଣ୍ଡାରର ଅଳଙ୍କାରଗୁଡିକୁ ଅସ୍ଥାୟୀ ରତ୍ନଭଣ୍ଡାରକୁ ସ୍ଥାନାନ୍ତର କରାଯିବ। ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଅରବିନ୍ଦ ପାଢ଼ୀ ଗଣମାଧ୍ୟମକୁ ଏହି ସୂଚ଼ନା ଦେଇଛନ୍ତି। ରତ୍ନଭଣ୍ଡାର ଖୋଲିବା ବେଳେ ସାମୟିକ କଟକଣା ରହିବ। ସକାଳ ୮ଟାରୁ ସିଂହଦ୍ୱାରକୁ ଛାଡି ବାକି ଦ୍ୱାର ବନ୍ଦ ରହିବ। ଯେଉଁମାନେ ସେବା ଓ ପୂଜା ପାଇଁ ଅଧିକୃତ ସେମାନଙ୍କୁ ଛଡାଯିବ। ଅର୍ଥାତ ସାଧାରଣ ଭକ୍ତଙ୍କ ପ୍ରବେଶ ନେଇ କଟକଣା ରହିବ। ପୂର୍ବରୁ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ କହିଛନ୍ତି, ୧୮ ତାରିଖରେ ଅଧିକୃତ ୧୧ଜଣିଆ କମିଟି ହିଁ ରତ୍ନଭଣ୍ଡାର ଭିତରେ ପ୍ରବେଶ କରିବେ। ଏହି କାର୍ଯ୍ୟ ସହିତ ଜଡିତ ବ୍ୟକ୍ତି, ଯଥା ମେଡିକାଲ୍ ଟିମ୍, ସ୍ନେକ ହେଲ୍‌ପଲାଇନ୍, ସ୍ୱେଚ୍ଛାସେବୀମାନେ ପାଖରେ ରହିବେ। ପୁରୁଣା ପ୍ରୋଟୋକଲ୍ ଅନୁଯାୟୀ, ଏସ୍‌ପି ପୁରୀ ସମସ୍ତଙ୍କୁ ଯାଞ୍ଚ କରି ଛାଡିବେ। ସ୍ଥାନାନ୍ତର ପ୍ରକ୍ରିୟା ଅନୁଯାୟୀ, ଭିତର ରତ୍ନଭଣ୍ଡାରରୁ ଅଳଙ୍କାର ଅସ୍ଥାୟୀ ରତ୍ନଭଣ୍ଡାରକୁ ସ୍ଥାନାନ୍ତର କରାଯିବ। ସ୍ଥାନାନ୍ତର ଶେଷ ପରେ ନୂଆ ରତ୍ନଭଣ୍ଡାରକୁ ଜଉମୁଦ ଦେଇ ସିଲ୍? କରାଯିବ। ଭିତର ରତ୍ନଭଣ୍ଡାରରୁ ଅଳଙ୍କାର ସ୍ଥାନାନ୍ତର ଓ ଯାଞ୍ଚ ପ୍ରକ୍ରିୟା ଶେଷ ହେବା ପରେ ଜଉମୁଦ ଦେଇ ସିଲ୍ କରାଯିବ। କେବଳ ବାହାର ରତ୍ନଭଣ୍ଡାରକୁ ଛାଡିଦେଲେ ବାକି ସବୁ ଚ଼ାବି ଜିଲ୍ଲା କୋଷାଗାରକୁ ପଠାଯିବ। ଏଏସ୍‌ଆଇ ଚ଼ାବି ନେବନି। ଜିଲ୍ଲାପାଳ ଚ଼ାବି ଖୋଲିବେ। ଏହାପରେ ଯାଇ ଏଏସ୍‌ଆଇ ଟିମ୍ ଭିତରକୁ ଯିବେ।

## ରାଜ୍ୟ ଶିଳ୍ପ ମନ୍ତ୍ରୀ ଓ ସାଂସଦ ଙ୍କ ଆଇଓସିଏଲ ପାରାଦୀପ ତୈଳ ବିଶୋଧନାଗାର ପରିଦର୍ଶନ

ପାରାଦୀପ ,୧୭ ।୭(ପି.ଏନ): ରାଜ୍ୟ ସରକାର ଙ୍କ ଶିଳ୍ପ,ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ବିଭାଗ ସ୍ୱାଧୀନ ରାଷ୍ଟ୍ରମନ୍ତ୍ରୀ ସମ୍ପଦ ଚ଼ନ୍ଦ୍ର ସ୍ୱାଇଁ ଏବଂ ଜଗତସିଂହପୁର ସାଂସଦ ଡା.ବିଭୁ ପ୍ରସାଦ ତରାଇ ବୁଧବାର ଦିନ ଆଇଓସିଏଲ ପାରାଦୀପ ତୈଳ ବଶୋଧନାଗାର ପରିଦର୍ଶନ କରିଥିଲେ । ପାରାଦୀପ ତୈଳ ବିଶୋଧନାଗାର ର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଏବଂ ବିଶୋଧନାଗାର ମୁଖ୍ୟ କୌଶିକ ବସୁ ସମ୍ମାନିତ ଅତିଥିମାନଙ୍କୁ ପୁଷ୍ପଗୁଚ୍ଛ ଏବଂ ପାରମ୍ପାରିକ ଉତ୍ତରୀୟ ପ୍ରଦାନ ସହିତ ସ୍ୱାଗତ କରିଥିଲେ । ଏହି ଅବସରରେ ମାନ୍ୟବର ଶିଳ୍ପ ମନ୍ତ୍ରୀ ଏବଂ ସାଂସଦ 'ମା ପାଇଁ ଗଛଟିଏ' ଉଦ୍ଦେଶ୍ୟରେ ଚ଼ାରା ରୋପଣ କରିଥିଲେ ।ମନ୍ତ୍ରୀ ଶ୍ରୀ ସ୍ୱାଇଁ ତାଙ୍କ ଅଭିଭାଷଣରେ କହିଥିଲେ ଯେ ପାରାଦୀପର ଶିଳ୍ପ କ୍ଷେତ୍ରର ବିକାଶ କାର୍ଯ୍ୟ ଆରମ୍ଭ ହୋଇସାରିଛି ଏବଂ ପାରାଦୀପ ବାସୀମାନେ ଏହାଦ୍ୱାରା ଉପକୃତ ହେବେ । ଏହି ଅବସରରେ ଉଦବୋଧନ ଦେଇ ସାଂସଦ ଶ୍ରୀ ତରାଇ କହିଥିଲେ ଯେ ସେ ପାରାଦୀପ ଏବଂ ଏହି ଅଞ୍ଚଳର ଜନସାଧାରଣଙ୍କ ପ୍ରଗତି ପାଇଁ ସଂକଳ୍ପବଦ୍ଧ ଅଟନ୍ତି ।ପାରାଦୀପ ତୈଳ ବିଶୋଧନାଗାର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ତଥା ମୁଖ୍ୟ ଶ୍ରୀ କୌଶିକ ବସୁ କହିଥିଲେ ଯେ, ପାରାଦୀପ ରିଫାଇନରୀ ହେଉଛି ଭାରତର ପୂର୍ବ ଉପକୂଳର ସର୍ବବୃହତ ରିଫାଇନରୀ ଏବଂ ଏହା ଓଡିଶା ସରକାରଙ୍କ ସହଯୋଗରେ ଅଗ୍ରଗତି କରିବ ।ଏହି ଗସ୍ତ ସମୟରେ ରାଜ୍ୟ ମନ୍ତ୍ରୀ ଏବଂ ସାଂସଦ, ପାରାଦୀପ ତୈଳ ବିଶୋଧନାଗାର ପରିଚ଼ାଳନାର ସମୀକ୍ଷା କରିଥିଲେ। ମାନ୍ୟଗଣ୍ୟ ଅତିଥିମାନଙ୍କୁ ରିଫାଇନରୀର ପରିଚ଼ାଳନା, ସୁରକ୍ଷା ପଦକ୍ଷେପ, ବର୍ତ୍ତମାନ ଏବଂ ଭବିଷ୍ୟତ ପ୍ରକଳ୍ପ ବିଷୟରେ ଅବଗତ କରାଯାଇଥିଲା। ରାଜ୍ୟ ମନ୍ତ୍ରୀ ଏବଂ ସାଂସଦଙ୍କ ପରିଦର୍ଶନ,ବିଶୋଧନାଗାର ଏବଂ ସରକାରଙ୍କ ମଧ୍ୟରେ ଥିବା ସମ୍ପର୍କକୁ ଦୃଢ କରିଥିଲା ଓ ରାଜ୍ୟମନ୍ତ୍ରୀ ଏବଂ ସାଂସଦ ଏହି ଅଞ୍ଚଳର ପ୍ରଗତିକୁ ତ୍ୱରାନ୍ୱିତ କରିବାରେ ବିଶୋଧନାଗାର ର ଭୂମିକାକୁ ପ୍ରଶଂସା କରିଥିବା ନେଇ ପାରାଦୀପ ତୈଳ ବିଶୋଧନାଗାର ଲୋକ ସମ୍ପର୍କ ବିଭାଗ ପକ୍ଷରୁ ଏକ ପ୍ରେସ ବିଜ୍ଞପ୍ତି ରୁ ସୂଚ଼ନା ମିଳିଛି ।

## ‘ଛାୟା ନବୀନ’ଙ୍କ ‘ଛାୟା କ୍ୟାବିନେଟ୍’ : ଆତ୍ମରକ୍ଷା ନା ବରିଷ୍ଠଙ୍କ ‘ତୁଣ୍ଡ’ରେ ତୁଣ୍ଡି ପାଇଁ ବିଜେଡିର ଯେ ବିଟ୍ରିଶ ମଡେଲ୍




ଭୁବନେଶ୍ୱର,୧୭ ।୭(ପି.ଏନ): ଓଡିଆରେ ଗୋଟିଏ ଢଗ ଅଛି ‘ବଂଶ ବୁଡିବାବେଳେ ଘୋଡାମୁହାଁ ପୁଅ ଜନ୍ମ’ ହୋଇଥାଏ । ନବୀନ ପଟ୍ଟନାୟକ ଓ ତାଙ୍କ ବିଜେଡିର ଅବସ୍ଥା ଏବେ ସେୟା ହୋଇଛି । ବିଜେଡି ଶାସନର ସବୁ ମଡଲକୁ ଓଡିଶାବାସୀ ବିଫଳ କରି ଦଳକୁ କ୍ଷମତାଚ୍ୟୁତ କରିବାପରେ ଆଜି ‘ଛାୟା କ୍ୟାବିନେଟ’ ଘୋଷଣା କରିଛନ୍ତି ବିଜେଡି ନେତୃତ୍ୱ । ‘ଛାୟା କ୍ୟାବିନେଟ’ର ବିଟ୍ରିଶ ମଡେଲକୁ ନକଲ କରି ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ଦସ୍ତଖତରେ ଦଳର ୫୦ଜଣ ବିଧାୟକଙ୍କୁ ଆଜି ବିଭାଗମାନ ବଂଟନ ହେବା ପରୋକ୍ଷରେ ଦଳରେ ଚ଼ାପି ହୋଇ ରହିଥିବା ଅସନ୍ତୋଷକୁ ଉଗ୍ର ରୂପ ଦେବାର ଆଶଙ୍କା ବଢ଼ାଇ ଦେଇଛି । ରାଜନୀତିରୁ ସନ୍ୟାସ ନେଇଥିବା ଭିକେ ପାଣ୍ଡିଆନ ଏବେବି ‘ଛାୟା ନବୀନ’ ସାଜି ଏହି ‘ଛାୟା କ୍ୟାବିନେଟ’ ଗଠନ କରିଛନ୍ତି ଯେଉଁଥିରେ ବିଜେଡି ସୁପ୍ରିମୋଙ୍କ ଭୂମିକାକୁ ହାଇଜ୍ୟାକ୍ କରାଯାଇଥିବା ଜଳଜଳ ଜଣାପଡୁଛି । ପୁଳାପୁଳା ଦୁର୍ନୀତି ମାମଲାରୁ ନିଜକୁ ସୁରକ୍ଷିତ ରଖିବା,ନବନିର୍ବାଚ଼ିତ ବିଧାୟକମାନଙ୍କୁ ତୁଷ୍ଟୀକରଣ ଓ ବରିଷ୍ଠ ନେତାମାନଙ୍କ ମୁହଁରେ ‘ତୁଣ୍ଡି’ ଲଗାଇବାକୁ ପାଣ୍ଡିଆନ ଏଭଳି ଗୋଟିଚ଼ାଳନା କରିଥିବା ଜଣାପଡିଛି । ତେବେ ବିଜେଡି ଓ ନବୀନଙ୍କ ଉପରେ ‘ପାଣ୍ଡିଆନ ଓ ତାଙ୍କ ଟିମର ଛାଇ’ ନହଟିବା ପର୍ଯ୍ୟନ୍ତ ଦଳ ଯାହାବି ମଡେଲ ଆଣିଲେ ତାହା ସଫଳ ହୋଇପାରିବ ନାହିଁ କିମ୍ବା ଦଳୀୟ ନେତାମାନେ ତାକୁ କାର୍ଯ୍ୟକାରୀ କରିବାକୁ ଆନ୍ତରିକତା ଦେଖାଇବେ ନାହିଁ ବୋଲି ରାଜନୀତିକ ବିଶେଷଜ୍ଞମାନେ ମତ ଦେଇଛନ୍ତି ।ବିଜେଡି ସୂତ୍ର ଅନୁସାରେ, ନବୀନ ନିବାସରେ ଗତ ୩-୪ଦିନ ଧରି ଦଳର ଅଘୋଷିତ ସର୍ବେସର୍ବା ଭିକେ ପାଣ୍ଡିଆନ, ନବୀନଙ୍କ ରାଜନୀତିକ ସଚ଼ିବ ସନ୍ତୃପ୍ତ ମିଶ୍ର ଓ ପାଣ୍ଡିଆନଙ୍କ ‘କ୍ରୀତଦାସ’ ପ୍ରଣବପ୍ରକାଶ ଦାସ ଘନଘନ ବୈଠକ କରି ଏହି ବିଟ୍ରିଶ ମଡେଲର ‘ଛାୟା କ୍ୟାବିନେଟ’ ଓ ସାଂଗଠନିକ କମିଟିକୁ ଚୂଡାନ୍ତ କରିଥିବା ଜଣାପଡିଛି । ଦଳର କୌଣସି ବରିଷ୍ଠ ନେତା କିମ୍ବା ବିଧାୟକଙ୍କ ସହ ବିଚ଼ାରବିମର୍ଶ ନକରି ନବୀନଙ୍କ ନାଁରେ ଏହି ୩ଜଣ ଏଭଳି ନିଷ୍ପତ୍ତି ନେଇଥିବା ସୂଚ଼ନା ମିଳିଛି । ଆଜି ଘୋଷିତ ‘ଛାୟା କ୍ୟାବିନେଟ’ରେ ଦଳର ସମସ୍ତ ବିଧାୟକଙ୍କୁ ବିଭାଗ ଆବଂଟିତ ହୋଇଥିଲେ ମଧ ଏହି ଛାୟା କ୍ୟାବିନେଟର ମୁଖ୍ୟ କିଏ ଓ ସେମାନଙ୍କ କାର୍ଯ୍ୟକୁ କିଏ,କେଉଁସ୍ତରରେ ତଦାରଖ କରିବେ ତାହା ଜଣାପଡିନି । ଏପରିକି ରାଜନୀତିର ‘ର’ ଅକ୍ଷର ବୁଝିନଥିବା କର୍ପ?ାରେଟ ଜଗତରୁ ଆସିଥିବା ସନ୍ତୃପ୍ତ ମିଶ୍ରଙ୍କ ମାଧ୍ୟମରେ ଦଳୀୟ ବିଧାୟକ ଓ ବରିଷ୍ଠ ନେତାମାନଙ୍କୁ ନିୟନ୍ତ୍ରଣରେ ରଖିବା ପାଇଁ ‘ନବୀନଙ୍କ ଛାୟା’ ସାଜି ପାଣ୍ଡିଆନ ଏବେ ରଣନୀତି କରିଛନ୍ତି । ନବୀନଙ୍କ ନାଁରେ ବିଜେଡି ଶାସନକାଳରେ ‘ଛାୟା ମୁଖ୍ୟମନ୍ତ୍ରୀ’ ଭୂମିକାରେ ଥିବା ପାଣ୍ଡିଆନ ଏବେ ‘ଛାୟା ବିରୋଧୀ ଦଳ ନେତା’ ହେବାକୁ ଅପଚେଷ୍ଟା ଆରମ୍ଭ କରିଛନ୍ତି, ଯେଉଁଥିରେ ତାଙ୍କୁ ତାଙ୍କର ‘କ୍ରୀତଦାସ’ ପ୍ରଣବପ୍ରକାଶ ଦାସ ଓ ରାଜନୀତିକ ଅନଭିଜ୍ଞ ସନ୍ତୃପ୍ତ ମିଶ୍ର ମୁଖୋଟା ସାଜିଥିବା ଜଣାପଡିଛି । ବିଜେଡି ଶାସନକାଳରେ ‘ଫାଇଭ-ଟି ପ୍ରଶାସନିକ ମଡେଲ’ଆଳରେ ଗଣତାନ୍ତ୍ରିକ ବ୍ୟବସ୍ଥାକୁ ଧୂଳିସାତ କରିବା ସହ ସମସ୍ତ କ୍ଷମତାକୁ ଏକା ଉପଭୋଗ କରିବାର ପରିଣାମ ବିଜେଡିକୁ ନିର୍ବାଚ଼ନୀ ବିପର୍ଯ୍ୟୟ ଆକାରରେ ଭୋଗିବାକୁ ପଡିଥିଲେ ମଧ ନବୀନ କିମ୍ବା ପାଣ୍ଡିଆନଙ୍କ ଏପର୍ଯ୍ୟନ୍ତ ଚେତା ପଶିନି ।ତେବେ ବିଜେଡି ନିର୍ବାଚ଼ନୀ ବିପର୍ଯ୍ୟୟର ଖଳନାୟକମାନେ ଏବେବି ଦଳକୁ ନିଜ କବଜାରେ ରଖି ମନଇଚ୍ଛା ନିଷ୍ପତ୍ତି ନେଉଥିବା ଏବଂ ବିପର୍ଯ୍ୟୟର ସମୀକ୍ଷା କରୁନଥିବା ଯୋଗୁ ବିଜେଡିରେ ଅସନ୍ତୋଷ ବ?ିବାରେ ଲାଗିଛି । ପାଣ୍ଡିଆନ ଏଭଳି କରି ଦଳରେ ଗଣତାନ୍ତ୍ରିକ ବ୍ୟବସ୍ଥା(ଯାହା ପ୍ରାୟତଃ ନାହିଁ)କୁ ସବୁଦିନ ପାଇଁ ‘କବର’ ଦେବାକୁ ପ୍ରୟାସ କରିଛନ୍ତି । ପୁଳାପୁଳା ଦୁର୍ନୀତିର ଗଦା ଉପରେ ଛିଡା ହୋଇଥିବାର ଅଭିଯୋଗ ଥିବାରୁ ବିଜେପି ନେତୃତ୍ୱଙ୍କ କୋପରୁ ବଂଚ଼ିବା ପାଇଁ ପାଣ୍ଡିଆନ ଏଭଳି ଆତ୍ମରକ୍ଷା କୌଶଳ ଆପଣାଇଥିବା ଚ଼ର୍ଚ୍ଚା ହେଉଛି ।

## ଅଫ୍ ଲାଇନ୍ ପରେ ଅନ୍ ଲାଇନରେ ମହଙ୍ଗା ମାଡ଼

ଭୁବନେଶ୍ୱର,୧୭ ।୭(ପି.ଏନ): ଲୋକଙ୍କ ଉପରେ ଅଫଲାଇନ ପରେ ଏବେ ଅନଲାଇନ ମହଙ୍ଗା ମାଡ଼ । ଡାଲି ଚ଼ାଉଳ ଠାରୁ ଆରମ୍ଭ କରି ପନିପରିବା ଓ ଅନ୍ୟାନ୍ୟ ଅତ୍ୟାବଶ୍ୟକ ସାମଗ୍ରୀର ଦରବୃଦ୍ଧି ଲୋକଙ୍କୁ ଅଣନିଃଶ୍ୱାସୀ କରିଥିବା ବେଳେ ଏବେ ଅନଲାଇନ ଖାଦ୍ୟ ଅର୍ଡରରେ ମଧ ଦରବୃଦ୍ଧି କରାଯାଇଛି । ଅନଲାଇନ ଖାଦ୍ୟ ପ୍ଲାଟଫର୍ମର ପ୍ରମୁଖ ସଂସ୍ଥା ଜୋମାଟୋ ଓ ସ୍ୱିଗି ୨୦ ପ୍ରତିଶତ ପ୍ଲାଟଫର୍ମ ଫି ବୃଦ୍ଧି କରିଛନ୍ତି । ମୋବାଇଲ ଯୁଗରେ ଲୋକେ ଅନଲାଇନ ଖାଦ୍ୟ ମଗାଇବାରେ ଅଧିକ ଅଭ୍ୟସ୍ତ ହୋଇଥିବାବେଳେ ଏହି ମହଙ୍ଗା ମାଡ଼ ଲୋକଙ୍କୁ ଆହୁରି ଝଟକା ଦେଇଛି ।ନିତି ଦିନିଆ ଜୀବନକୁ ସାଂଘାତିକ ଭାବେ ପ୍ରଭାବିତ କଲାଣି ଆକାଶଛୁଆଁ ଦରବୃଦ୍ଧି । ଡାଲି, ଚ଼ାଉଳ, ପନିପରିବା ଆଦିର ଦର ଏମିତି ବଢିଛି ଯେ, ଲୋକେ ମାର୍କେଟ ଯିବାକୁ ଡରୁଛନ୍ତି । ସେହିପରି ଅନ୍ୟାନ୍ୟ ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଦର ମଧ ହୁ ହୁ ହୋଇ ବଢୁଛି । ସେପଟେ ଲୋକଙ୍କ ନିଶା ଓ ଆବଶ୍ୟକତା ପାଲଟିଥିବା ମୋବାଇଲ ଟାରିଫ ବଢିବା ଯୋଗୁଁ ଲୋକଙ୍କୁ ଝଟକା ଲାଗିଛି । ଠିକ ଏଭଳି ସମୟରେ ଅନଲାଇନ ଖାଦ୍ୟର ପ୍ରମୁଖ ପ୍ଲାଟଫର୍ମ ଜୋମାଟୋ ଓ ସ୍ୱିଗି ଦାଉ ସାଧି ଦରବୃଦ୍ଧି କରିଛନ୍ତି । ଉଭୟ ସଂସ୍ଥା ପ୍ଲାଟଫର୍ମ ଫି ଉପରେ ୨୦ ପ୍ରତିଶତ ଦରବୃଦ୍ଧି କରିଛନ୍ତି । ଏପରିକି କି ସମୟରେ ଅର୍ଥାତ ଖାଦ୍ୟ ଖାଇବାର ପ୍ରମୁଖ ସମୟରେ ଏହି ଦର ଆହୁରି ବଢ଼ିପାରେ । ପ୍ରାଥମିକ ପର୍ଯ୍ୟାୟରେ ଦିଲ୍ଲୀ, ବେଙ୍ଗାଲୁରୁ ଆଦି ସହରରେ ଏହା ଲାଗୁ ହୋଇସାରିଥିବା ବେଳେ ଖୁବ ଶୀଘ୍ର ଅନ୍ୟ ସହରରେ ଏହା ଲାଗୁ ହେବ । କିଛି ମାସ ତଳେ ଜୋମାଟୋ ଦର ବୃଦ୍ଧି କରିଥିବା ବେଳେ ଏବେ ପୁଣିଥରେ ଦରବୃଦ୍ଧି ଏକ ବଡ଼ ଝଟକା ବୋଲି କୁହାଯାଇଛି । ଗୋଟିଏ ପରେ ଗୋଟିଏ ଅତ୍ୟାବଶ୍ୟକ ବ୍ୟବସ୍ଥାର ଦରବୃଦ୍ଧି ଲୋକଙ୍କୁ ବାଧୁଥିବା ବେଳେ ତୁରନ୍ତ ସରକାର ଏସବୁକୁ ନିୟନ୍ତ୍ରଣକୁ ଆଣିବାକୁ ସାଧାରଣରେ ଜୋରଦାର ଦାବି ଉଠିଛି ।ସହରାଞ୍ଚଳରେ ବହୁ ଲୋକ ବିଶେଷ କରି ଯୁବ, ଛାତ୍ର, ମହିଳା ତଥା କର୍ମଜୀବୀମାନେ ସମୟ ଅଭାବରୁ ଖାଇବା ପାଇଁ ଅନଲାଇନ ପ୍ଲାଟଫର୍ମ ଉପରେ ନିର୍ଭର କରିଥାନ୍ତି । ମୋବାଇଲ ଭଳି ଅନଲାଇନ ଖାଦ୍ୟ ବ୍ୟବସ୍ଥାରେ ଲୋକେ ଅଭ୍ୟସ୍ତ । ତେଣୁ ଏଭଳି ସମୟରେ ଦରବୃଦ୍ଧି ଝଟକାକୁ ବ୍ୟବସାୟୀମାନେ ମଧ ଗ୍ରହଣ କରିପାରି ନାହାନ୍ତି । ବିଭିନ୍ନ ରେଷ୍ଟୁରାଣ୍ଟ ଓ ହୋଟେଲ ବ୍ୟବସାୟର ୭୦ ରୁ ୮୦ ପ୍ରତିଶତ ଖାଦ୍ୟ ଅନଲାଇନ ମାଧ୍ୟମରେ ବିକ୍ରି ହେଉଥିବା ରେଷ୍ଟୁରାଣ୍ଟ ପକ୍ଷରୁ କୁହାଯାଇଛି । ଯାହାକି ଜୋମାଟୋ ଓ ସ୍ୱିଗି ମାଧ୍ୟମରେ ହୁଏ । ତେଣୁ ଏଭଳି ଦରବୃଦ୍ଧି ହେଲେ ବ୍ୟବସାୟ ମାନ୍ଦା ହେବାର ସମ୍ଭାବନା ରହିଛି । ବ୍ୟବସାୟୀ ସଂଘ ମଧ ସବୁ କ୍ଷେତ୍ରରେ ଏଭଳି ଅନିୟନ୍ତ୍ରିତ ଦରବୃଦ୍ଧିକୁ ନାପସନ୍ଦ କରିଛି । ସେପଟେ ଜୋମାଟୋ କର୍ମଚ଼ାରୀମାନେ ମଧ ଦରବୃଦ୍ଧି ହେଲେ ସେମାନଙ୍କ ପାଇଁ ଅଧିକ ପାରିଶ୍ରମିକ ଆଶା ରଖିଛନ୍ତି ।ଗରିବ ଓ ମଧ୍ୟବିତ୍ତ ଲୋକେ ନୈନ୍ଦିନ ବ୍ୟବହାର କରୁଥିବା ବିଭିନ୍ନ ସାମଗ୍ରୀର ଲଗାତର ଦରବୃଦ୍ଧି ସାମାଜିକ ବ୍ୟବସ୍ଥାକୁ ଦୋହଲାଇ ଦେଇଛି । ତେଣୁ ଏସବୁ ନିୟନ୍ତ୍ରଣକୁ ନ ଆସିଲେ ଖାଇ ପିଇ ବଞ୍ଚିବା ଅସମ୍ଭବ ହୋଇପଡିବ ବୋଲି ସାଧାରଣରେ ଆଲୋଚ଼ନା ହେଉଛି ।








# ଟି ଟାଇମ୍

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଘଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

## ସବୁଠାରୁ ବଡ଼ ଦାନ

ତୃଷିତଙ୍କୁ ପାଣିଦେବା ଓ କ୍ଷୁଧିତକୁ ଭୋଜନ ଦେବା ଦୁନିଆର ସବୁଠୁ ବଡ଼ ଦାନ ବୋଲି ଶାସ୍ତ୍ର କହିଥାଏ । ଭୋଜନ ଦେବା ପରେ ଯଦି ଭୋକ ଶାନ୍ତ ହୋଇଯାଏ ତ ସବୁ ବସ୍ତୁ ସୁନ୍ଦର ଦେଖାଯାଏ । କିନ୍ତୁ ଦୁଇ-ତିନିଦିନର ଭୋକିଲା ଲୋକକୁ ଟଙ୍କା ବିଡ଼ା ଦିଅଯାଏ ଅଥବା ସୁନା,ରୂପା ଦେଲେ ମଧ୍ୟ ସେ ନିଜର ପେଟକୁ ଖାଇବା ପାଇଁ ଅନୁରୋଧ କରିଥାଏ । ତେବେ ପେଟ ପୂରିବା ପରେ ଯାଇ ତାକୁ ଧନ ଦୌଲତ ଭଲ ଲାଗିଥାଏ । ଭୋକିଲା ଲେକଙ୍କୁ ଖାଦ୍ୟ ଦରକାର ଟଙ୍କାର ବିଡ଼ା ନୁହେଁ । ପେଟର ଭୋକ ଶାନ୍ତ ହେବାପରେ ଯାଇ ଟଙ୍କା, ସୁନା, ଘର ଦ୍ୱାରା, ସ୍ତ୍ରୀ, ପୁତ୍ର, ଭୋଗ ଜାଗ୍ରତ ହୋଇଥାଏ । ଶୋଷ ଲାଗିଲେ ସାରା ଦୁନିଆଁ ମଧ୍ୟ ନୀରସ ଦେଖାଯାଏ । ଶୋଷରେ ବ୍ୟାକୁଳ ଲୋକ ଗୋଟିଏ ମାତ୍ର ଜିନିଷ ଆବଶ୍ୟକ କରେ ତାହା ହେଉଛି ପାଣି । ପାଣି ହିଁ ଜୀବନ ଅଟେ ପାଣି ନମିଳିଲେ ଜୀବନ ମୃତ୍ୟୁସମାନ ହୋଇଯାଏ । ସେଥିପାଇଁ କୁହାଯାଇଛି ଜଳହିଁ ଜୀବନ । ତେଣୁ ଏଥିପାଇଁ କୁହାଯାଏ ଯଦି ଭୋକିଲା ଲୋକକୁ କିଛି ଖାଦ୍ୟ କିମ୍ବା ଶୋଇଲା ଲୋକଙ୍କୁ ଜଳଦାନ କରାଯାଏ ତେବେ ତାହା ସର୍ବଶେଷ୍ଟ ଦାନରେ ପରିଗଣତି ହୋଇଥାଏ, ଦାନ କରିଥିବା ବ୍ୟକ୍ତି ମୋକ୍ଷ ପ୍ରାପ୍ତି କରିଥାଏ ।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି । ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ । ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ ।

# ପୁରାଣ କାହାଣୀ

## ପଣ୍ଡୁ ଓଷା



ମାର୍ଗଶିର ମାସର ପୂର୍ଣ୍ଣିମା ଦିନ ଏହି ଓଷା ପାଳନ କରାଯାଏ । ମାର୍ଗଶିର ପୂର୍ଣ୍ଣିମାକୁ ପଣ୍ଡୁ ପୂର୍ଣ୍ଣିମା ମଧ୍ୟ କୁହାଯାଏ । ଏହି ସମୟରେ ହେମନ୍ତ ଋତୁ ସରି, ଶୀତର ଆରମ୍ଭ ହେଉଥାଏ । ସକାଳୁ ସକାଳୁ କୁହୁଡି ହେତୁ ସର୍ବତ୍ର ଫିକାଧଳା ବା ପାଣ୍ଡୁରା ବର୍ଣ୍ଣ ଦିଶୁଥାଏ । ଏଣୁ ଏହି ପୂର୍ଣ୍ଣିମାର ନାଁ ପଣ୍ଡୁ ପୂର୍ଣ୍ଣିମା କୁହାଯାଏ । ବଡ ଓଷା ପରି ଏହି ବ୍ରତକୁ ଗଜ ବସାଇ ପାଳନ କରାଯାଏ । ନାରୀମାନେ ଏହି ବ୍ରତ ମାଧ୍ୟମରେ ଯମରାଜଙ୍କୁ ପୂଜା ବା ଉପାସନା କରନ୍ତି । ଏହାର ମୁଖ୍ୟ ଉଦ୍ଦେଶ୍ୟ ପୁତ୍ର ସନ୍ତାନ କାମନା । ଏହି ବ୍ରତ ପାଳନରେ କିଛି ସ୍ୱତନ୍ତ୍ର ବିଧି ରହିଛି । ଏଥି ପାଇଁ ଗୃହ ଚଟାଣକୁ ଗୋବରରେ ଚକ୍କଣ କରି ଲିପାଯାଏ । ଚିତା ଓ ମୁରୁଜ ତା' ଉପରେ ପକାଯାଏ । ଗଜକୁ ସ୍ଥାପନ କରାଯାଏ ଏବଂ ପୂଜନ ବିଶେଷକରି ପୁରୋହିତଙ୍କ ଦ୍ୱାରା ଯମରାଜଙ୍କୁ ଆବାହନ, ପୂଜନ ଏବଂ ନୈବେଦ୍ୟ ଅର୍ପଣ ପୂର୍ବକ ଭକ୍ତି ପ୍ରଣତି ବଢ଼ାଯାଏ । ଏହି ପୂଜାର ମୁଖ୍ୟ ଭୋଗ ହେଉଛି ମଣ୍ଡା ପିଠା । ପୂର୍ବ ପ୍ରସ୍ତୁତି ଅନୁଯାୟୀ ନୂଆ ଗୋବର ଲିପା ଟୋକେଇ ବା ପାଛିଆରେ ପୁରୁଣା ଧାନ ଆଣି ଢ଼ିଙ୍କିରେ କୁଟି ଚାଉଳ କରାଯାଏ । ଏହି ଚାଉଳକୁ ପୁଣି ଚୂନା କରି ସେଥିରେ ନଡିଆ ଦେଇ ନଡିଆ ମଣ୍ଡା କରାଯାଏ ଓ ପୂଜାଭୋଗ କରାଯାଏ । ଏହା ସହିତ ଖଇ, କଦଳୀ, ଫଳ ଏବଂ ଛେନା ଆଦି ଭୋଗ ମଧ୍ୟ ବଢ଼ାଯାଏ । ପଣ୍ଡୁଓଷା ଏକ ନିଷ୍ଠାର ବ୍ରତ । ନାରୀଜାତି ବିଶେଷ କରି ମା'ମାନଙ୍କ ପାଇଁ ଏହା ଗୁରୁତ୍ୱପୂର୍ଣ୍ଣ ଅଟେ ।

## ପଠାଣି ସାମନ୍ତ



ଆଜିର ଦିନରେ ମହାମହୋପାଧ୍ୟାୟ ସାମନ୍ତ ଚନ୍ଦ୍ରଶେଖରଙ୍କ ଜନ୍ମ ଦିନ ପାଳନ କରାଯାଉଛି । ୧୮୩୫ ମସିହା ଡିସେମ୍ବର ୧୩ ତାରିଖରେ ପୌଷ କୃଷ୍ଣ ଅଷ୍ଟମୀ ତିଥିରେ ଚନ୍ଦ୍ରଶେଖର ଖଣ୍ଡପଡାର ଏକ ରାଜବଂଶରେ ଜନ୍ମ ଗ୍ରହଣ କରିଥିଲେ । ବହୁ ସନ୍ତାନ ନଷ୍ଟ ହୋଇଯିବା ପରେ ମାତାପିତା ଚନ୍ଦ୍ରଶେଖରଙ୍କର ଦୀର୍ଘାୟୀ ଓ ମଙ୍ଗଳ କାମନା କରିଥିଲେ । ପରେ ଖଣ୍ଡପଡା ନିକଟସ୍ଥ ଖୁଣ୍ଟୁପଡା ନିକଟସ୍ଥ ଖୁଣ୍ଟୁପଡା ଗ୍ରାମସ୍ଥିତ ମହାଦେବ ଶ୍ରୀ ଶ୍ରୀ ଚନ୍ଦ୍ରଶେକରଙ୍କ ପ୍ରସାଦରୁ ଏହି ବାଳକ ଜନ୍ମ ଗ୍ରହଣ କରିଥିବାର ବିଶ୍ୱାସ କରି ପିତାମାତା ତାଙ୍କର ନାମ ଚନ୍ଦ୍ରଶେଖର ରଖିଥିଲେ । ଡାକ ନାମ ତାଙ୍କର ପଠାଣି ବି ଥିଲା । ପଠାଣିଙ୍କର ପୂରା ନାମ ହେଉଛି ଚନ୍ଦ୍ରଶେଖର ସିଂହ ହରିଚନ୍ଦନ ମହାପାତ୍ର । ଚନ୍ଦ୍ରଶେଖର ପିଲାବେଳୁ ଉଦାସୀନ, ମନଯୋଗୀ, ଏକାଗ୍ରଚିତ୍ତ, ଅଧ୍ୟବସାୟୀ ଓ ଉଦାରମନା ଥିଲେ । ବିଚିତ୍ରବର୍ଣ୍ଣ । ବ୍ରହ୍ମାଣ୍ଡର ନାକ୍ଷତ୍ରିକ ଗତିବିଧି ପ୍ରତି ଆକୃଷ୍ଟ ହୋଇଥିଲେ ସେ । ଜ୍ୟୋତିଷବିଦ୍ୟା ଜାଣିବା ପାଇଁ ଆଗ୍ରହୀ ହୋଇ ଦଶବର୍ଷ ବୟସରେ ପଠାଣି ନିଜ ବାପାଙ୍କ ଠାରୁ କିଛିରି ଜ୍ୟୋତିର୍ବିଜ୍ଞାନ ଶିଖିଥିଲେ । ସେତେବେଳେ ତାଙ୍କ ବାପା ଜଣେ ପ୍ରଧାନ ଗାଣିତିକ ଥିଲେ । ବାପାଙ୍କ ସହିତ ଗଣିତ ଜ୍ୟୋତିଷର ଆଲୋଚନା ମାଧ୍ୟମରେ ଶିକ୍ଷା ଲାଭ କରିଥିଲେ । ସେ ପୁରାତନ ଜ୍ୟୋତିଷ ଶାସ୍ତ୍ରମାନ ପର୍ଯ୍ୟାଲୋଚନା କରି ତାରା ଜଗତର ଗତିବିଧି ଅନୁଧ୍ୟାନ କରିବା ସହ ସୂକ୍ଷ୍ମ ଯନ୍ତ୍ରମାନ ଉଦ୍ଭାବନ କରିଥିଲେ । ଦୁଇଟି ବାଉଁଶ ନଳ ସାହାଯ୍ୟରେ ଦୂର ପାହାଡକୁ ମାପି ଦୂରବୀକ୍ଷଣ ଯନ୍ତ୍ର ନିର୍ମାଣ କରିଥିଲେ । ପଠାଣୀ ସାମାନ୍ତ ୧୮୬୯ ରେ 'ସିଦ୍ଧାନ୍ତ ଦର୍ପଣ' ଲେଖିବା ଆରମ୍ଭ କରିଥିଲେ । ୧୮୯୨ ରେ ଏହି ଗ୍ରନ୍ଥ ରଚନା ଲେଖା ଶେଷ ହୋଇଥିଲା । ସିଦ୍ଧାନ୍ତ ଦର୍ପଣ ମୂଳତଃ ସଂସ୍କୃତ ଭାଷାରେ ଶ୍ଳୋକ ମାନଙ୍କରେ ରଚିତ, ଗ୍ରନ୍ଥଟିରେ ରହିଛି ଚବିଶଟି ପ୍ରକାଶ (ସର୍ଗ) । ଏହି ଗ୍ରନ୍ଥର ମୋଟ ଶ୍ଳୋକ ସଂଖ୍ୟା ୨୫୦୦ । ଏଥିରେ ପାଟି ଗଣିତ, ବୀଜଗଣିତ, ସ୍ଥୁଳ ଓ ସୂକ୍ଷ୍ମଗ୍ରହ ଗଣନା, ପଜୟାଦିର ବାଖ୍ୟା, ନଦୀ ଓ ପାହାଡମାନଙ୍କର ଭୌଗଳିକ ମାସ ଓ ସ୍ଥିତି ଆଦି ଆରାଧ୍ୟ ଦେବତା ଶ୍ରୀଜଗନ୍ନାଥ ଓ ଶ୍ରୀକୃଷ୍ଣଙ୍କ ଆଶୀର୍ବାଦ ଭିକ୍ଷା କରାଯାଇଛି । ନିରବଚ୍ଛିନ୍ନ ଅଧ୍ୟବସାୟ, ଇଚ୍ଛାଶକ୍ତି ଓ ଅବିଶ୍ରାନ୍ତ ଗବେଷଣା ଫଳରେ ଦୂରଦୂରାନ୍ତର ଜ୍ୟୋତିଷ ମଣ୍ଡଳର ଗ୍ରହ ନକ୍ଷତ୍ରର ସ୍ଥିତି ଓ ଚଳନ ନିର୍ଭୁଲ ଭାବେ ଗଣନା କରିପାରୁଥିଲେ ପଠାଣି ସାମନ୍ତ ।

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ । ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ । ଶତ୍ରୁ ବୃଦ୍ଧି ହୋଇପରେ । ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ । ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ । ମହିଳାମାନେ ଅପମାନିତ ହୋଇପରନ୍ତି ।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ । ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ । ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ । ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି । ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ । ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ । ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ । ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ । ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ । କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ । ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ । କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ । ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ । ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ ।

**ବିଛା** – ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ । ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ । ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ । ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ । ରାଜନୀତିକ ସ୍ତରରେ ଉନ୍ନତି କରିବେ । ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ । ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ । ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ । ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ । ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ । ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ । ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ । ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ । କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି । ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ ।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ



ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ । ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ । ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ସୁସ୍ଥ ପରିବେଶ ପାଇଁ ଅଶ୍ୱଥଙ୍କ ଉଦ୍ୟମ

ପରିବେଶକୁ ସୁହାଇବା ଭଳି ପଦକ୍ଷେପ ନେବାର ଆଇନକାନୁନ୍ ବନିଯାଉଛି । କାଗଜରେ ନିର୍ଦ୍ଦେଶ ବି ଆସୁଛି । ହେଲେ ତୃଣମୂଳ ସ୍ତରରେ ପରିବର୍ତ୍ତନର ଧାରା ଆଦୌ ଆରମ୍ଭ ହେଉନାହିଁ । ତା'ର କାରଣ ହେଲା, ସେହି ଜିନିଷ ବଦଳରେ ପରିବେଶ ଉପଯୋଗୀ ଜିନିଷର ଚଳନ କରୁନାହାନ୍ତି କେହି । ଏ ଅଭାବକୁ ବୁଝି ଜଣେ ଯୁବକ ନିଜ ବ୍ୟକ୍ତିଗତ ପ୍ରୟାସରେ ପଲିଥିନ୍ ବ୍ୟାଗ୍ ବଦଳରେ ପରିବେଶ ଉପଯୋଗୀ ବ୍ୟାଗ୍ ତିଆରି କରି ନିଜ ସହରର କଲ୍ୟାଣ ଦିଗରେ ଦେଉଛନ୍ତି ବଡ଼ ଯୋଗଦାନ ।...ବାଙ୍ଗାଲୋର ନଗରନିଗମ ପକ୍ଷରୁ ୨୦୧୨ରେ ସ୍ୱାସ୍ଥ୍ୟ ତଥା ପରିବେଶ ପାଇଁ ହାନିକାରକ ହେତୁ ପଲିଥିନର ବ୍ୟବହାର ବନ୍ଦ କରାଯାଇଥିଲା । କିନ୍ତୁ ଲୋକମାନଙ୍କ ପାଇଁ କୌଣସି ବିକଳ୍ପର ସୁବିଧା କରାଯାଇନଥିଲା । ଯାହାକି ସାଧାରଣ ଲୋକମାନଙ୍କ ପାଇଁ ଅନେକ ସମସ୍ୟା ସୃଷ୍ଟି କରିଥିଲା । ଆଉ ନିଜ ସହରବାସୀଙ୍କ ଏହି ସମସ୍ୟା ଅଶ୍ୱଥଙ୍କ ଚିନ୍ତାର କାରଣ ପାଲଟିଥିଲା । ସେ ଏହାକୁ ଦୂର କରିବା ଯୋଜନାର ଅନୁସନ୍ଧାନରେ ଲାଗିଯାଇଥିଲେ । ପ୍ରାୟ ଚାରିବର୍ଷର ପ୍ରସ୍ତୁତି ଓ ପ୍ରୟାସ ପରେ ଅଶ୍ୱଥ ପ୍ରତିଷ୍ଠା କଲେ 'ଏନଭିଗ୍ରୀନ' ନାମରେ ଏକ କମ୍ପାନୀ । ଏହି କମ୍ପାନୀ ଲୋକମାନଙ୍କୁ ଯୋଗାଇଦେଉଛି ପରିବେଶ ଅନୁକୂଳ ବିଭିନ୍ନ ବ୍ୟାଗ । ପ୍ଲାଷ୍ଟିକ ବ୍ୟାଗ ପରି ଦେଖାଯାଉଥିବା ଏହି ବ୍ୟାଗ ଗୁଡିକର ପ୍ରସ୍ତୁତ ପ୍ରଣାଳୀ ସମ୍ପୂର୍ଣ୍ଣ ଭିନ୍ନ ହୋଇଥାଏ । ବିନା କୌଣସି ରସାୟନିକ ସାମଗ୍ରୀର ବ୍ୟବହାରରେ କେବଳ ଆଳୁ, ପାଳୁଅ, କଦଳୀ, ତେଲ ଇତ୍ୟାଦି ୧୨ଟି ସାମଗ୍ରୀର ବ୍ୟବହାର କରାଯାଇ ପ୍ରସ୍ତୁତ କରାଯାଉଛି ବ୍ୟାଗ । ପ୍ରଥମେ ଏହି କଞ୍ଚାମାଲ ଗୁଡିକୁ ଏକ ତରଳ ପଦାର୍ଥରେ ପରିଣତ କରାଯାଇ ପରକୁ ପର ୬ଟି ଧାରାରେ ଗତି କରାଯାଇ ଏହା ପ୍ରସ୍ତୁତ କରାଯାଏ । ଏହି ବ୍ୟାଗ ଗୁଡିକୁ ଗୋଟିଏ ଗ୍ଲାସ ଥଣ୍ଡା ପାଣିରେ ବୁଡାଇ ରଖିଲେ ଗୋଟିଏ ଦିନରେ ଏହା ମିଳାଇଯିବ ଏବଂ ଯଦି ଗରମ ପାଣିରେ ଏହାକୁ ରଖାଯାଏ ତେବେ ମାତ୍ର ୧୫ ସେକେଣ୍ଡରେ ଏହା ମିଳାଇଯିବ । ବ୍ୟବହାର ଅନୁପୋଯୋଗୀ ହେବା ପରେ ଏହାକୁ ଫୋପାଡି ଦେବା ପରେ ଖୁବ୍ କମ୍ ଦିନ ମଧ୍ୟରେ ଏହା ମାଟିରେ ମିଳାଇଯିବ । ସମ୍ପୂର୍ଣ୍ଣ ଭାବେ ଖାଦ୍ୟପଦାର୍ଥରେ ପ୍ରସ୍ତୁତ ହୋଇଥିବାରୁ କୌଣସି ପଶୁ ଖାଇଲେ ମଧ୍ୟ ତାଙ୍କ ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ ହେବ ନାହିଁ । କର୍ଣ୍ଣାଟକ ରାଜ୍ୟ ପ୍ରଦୂଷଣ କଣ୍ଟ୍ରୋଲ ବୋର୍ଡ ପକ୍ଷରୁ ମଧ୍ୟ ଏହି ବ୍ୟାଗକୁ ନେଇ ଅନେକ ପରୀକ୍ଷଣ କରାଯାଇଛି । ଏହି ବ୍ୟାଗ ଗୁଡିକୁ ଜଳାଇବା ଦ୍ୱାରା ନା ଏହା ତରଳୁଛି, ନାହିଁ ଏଥିରୁ କୌଣସି ରାସାୟନିକ ପଦାର୍ଥ କ୍ଷରଣ ହେଉଛି । ସେଣ୍ଟ୍ରାଲ ଇନଷ୍ଟିଚ୍ୟୁଟ ଅଫ୍ ପ୍ଲାଷ୍ଟିକ ଇଞ୍ଜିନିୟରିଂ ଏବଂ ଶ୍ରୀରାମ ଇନଷ୍ଟିଚ୍ୟୁଟ ଫର୍ ଇଣ୍ଡଷ୍ଟ୍ରିଆଲ୍ ରିସର୍ଚ୍ଚ ପକ୍ଷରୁ ମଧ୍ୟ ଏହାର ପରୀକ୍ଷଣ କରାଯାଇ ବ୍ୟବହାର ନିମନ୍ତେ ଅନୁମତି ଦିଆଯାଇଛି । ସମସ୍ତ କ୍ଷେତ୍ରରୁ ଅନୁମତି ପାଇବା ପରେ ଅଶ୍ୱଥ ନିଜ ଟିମ୍ ର ୬୦ଜଣ ସଦସ୍ୟଙ୍କ ସହ ମିଶି ବାଙ୍ଗାଲୋରଠାରେ ଏକ କାରଖାନା ପ୍ରତିଷ୍ଠା କରିଛନ୍ତି । ଏହି କାରଖାନାରୁ ପ୍ରତି ମାସରେ ପ୍ରାୟ ୧ହଜାର ମେଟ୍ରିକ ଟନ୍ ବ୍ୟାଗ୍ ପ୍ରସ୍ତୁତ କରାଯାଉଛି । ତାଙ୍କର ଏହି ପ୍ରୟାସ ଦ୍ୱାରା କର୍ଣ୍ଣାଟକ ଗ୍ରାମାଞ୍ଚଳର କୃଷକ ମାନେ ମଧ୍ୟ ଲାଭବାନ ହୋଇପାରୁଛନ୍ତି । କମ୍ପାନୀ ସେମାନଙ୍କ ଠାରୁ କଞ୍ଚାମାଲ କିଣିବା ସହ ସେମାନଙ୍କୁ କଞ୍ଚାମାଲ ଉତ୍ପାଦନ ପାଇଁ ବିହନ ଯୋଗାଇ ଦେଉଛି । ଭାରତର ସବୁ ସ୍ଥାନରେ ଏହି ବ୍ୟାଗ ଗୁଡିକ ବର୍ତ୍ତମାନ ପର୍ଯ୍ୟନ୍ତ ମିଳିପାରିନାହିଁ କିନ୍ତୁ ଅଶ୍ୱଥଙ୍କ କାର୍ଯ୍ୟସ୍ଥଳ କତରରେ ଏହା ଉପଲବ୍ଧ ହୋଇପାରୁଛି । ଅଶ୍ୱଥଙ୍କ କହିବାନୁଯାୟୀ, କେବଳ ବାଙ୍ଗାଲୋର ପରି ସହରରେ ପ୍ରତି ମାସରେ ପ୍ରାୟ ୩୦ହଜାର ମେଟ୍ରିକ ଟନ୍ ବ୍ୟାଗର ଆବଶ୍ୟକ ହୋଇଥାଏ । ତେଣୁ ସମସ୍ତ ସହରରେ ଏହାର ବ୍ୟବହାର ପାଇଁ ଅଧିକ କାରଖାନା ପ୍ରତିଷ୍ଠା କରିବାର ଲକ୍ଷ୍ୟ ରଖିଛୁ । ବର୍ତ୍ତମାନ ପର୍ଯ୍ୟନ୍ତ ରିଲାଏନ୍ସ ପରି କମ୍ପାନୀ ମାନଙ୍କୁ ବ୍ୟାଗ ଯୋଗାଇ ଦିଆଯାଇଛି । ଚଳିତ ଡିସେମ୍ବରଠାରୁ ସେମାନେ ଏହାର ବ୍ୟବହାର ଆରମ୍ଭ କରିଦେଇଛନ୍ତି । ପରିବେଶ ସୁରକ୍ଷା ଦିଗରେ ଅଶ୍ୱଥଙ୍କ ଏହି ପ୍ରୟାସକୁ ଅନେକ ପରିବେଶବିତ୍ ପ୍ରଶଂସା କରିଛନ୍ତି ।






# ଓଡ଼ିଶାରେ ମାତୃଶକ୍ତି ଓ ଦୁର୍ଗାପୂଜା ପରମ୍ପରା

ଭାରତୀୟ ସଂସ୍କୃତିରେ ସର୍ବ ପ୍ରଥମେ ବୈଦିକ ଦୁର୍ଗାସୂତରେ ସୂକ୍ଷ୍ମଦୃଷ୍ଟିରେ ଦୁର୍ଗାଙ୍କର ମହିମା ବର୍ଣ୍ଣିତ । ଏହି ଦୁର୍ଗାସୂତ୍ରର ମନ୍ତ୍ର ପଠନ ଦ୍ୱାରା ସମସ୍ତ ଦୁଃଖ ଦୂରୀଭୂତ ହେବାସହ କୁପ୍ରବୃ ିର ବିନାଶ ହୋଇଥାଏ । ଉପନିଶଦ ମାନଙ୍କରେ ତୈ ରୀୟ ଆରଣ୍ୟକର ଯାଜ୍ଞିକ ଉପନିଶଦରେ ପ୍ରଥମେ ଦୁର୍ଗାଙ୍କ ଗାୟତ୍ରୀ ମନ୍ତ୍ର ବିଷୟରେ ସୂଚନା ଦିଆଯାଇଛି । ମହଞ୍ଜୋଦାର ଓ ହରପ୍ପାର ପ୍ରତ୍ନତା ିକ ଖନନରୁ ମାତୃଶକ୍ତି ଉପାସନା ସମ୍ବନ୍ଧରେ ଯଥେଷ୍ଟ ପ୍ରମାଣ ମିଳିଛି । ବହୁ ପ୍ରସ୍ତର ନିର୍ମିତ ନାରୀମୂ ି, ଦେବୀ ମୂ ି ଓ ଚକ୍ରାକାର ପ୍ରସ୍ତର ସମୂହରୁ ସେ ସମୟରେ ମାତୃଶକ୍ତି ଉପାସନା ସମ୍ପର୍କରେ ବହୁ ତଥ୍ୟର ଆଭାସ ମିଳେ । ସେହି ଦ୍ରାବିଡ଼ ସଭ୍ୟତାର ଉନ୍ମେଷ ସମୟରେ ପ୍ରାଚୀନ ଓଡ଼ିଶାର ମୁଖ୍ୟତଃ କଳିଙ୍ଗ, ଉତ୍କଳ ଓ ଉଡ୍ରଦେଶ ପରି ଏହିପରି ତିନିଗୋଟି ଭୂଖଣ୍ଡରେ ବିଭକ୍ତ ଥିଲା । ସାଧାରଣତଃ କଟକ, ପୁରୀ, ବାଲେଶ୍ୱର, ମୟୂରଭଞ୍ଜ, ଫୁଲବାଣୀ ଓ ସିଂହଭୂମକୁ ଉଡ୍ରଦେଶ ଭାବେ ବୁଝାଯାଉଥିଲା । ଗଞ୍ଜାମ, କୋରାପୁଟ ଓ ତତ୍କାଳୀନ ସୀମାନ୍ତବ ୀ ବିଜୟନଗରମ୍ ଇତ୍ୟାଦି ଅ ଳକୁ କଳିଙ୍ଗ କୁହାଯାଉଥିବାବେଳେ ଅବଶିଷ୍ଟ ଅ ଳକୁ ଉତ୍କଳ କୁହାଯାଉଥିଲା । ଶକ୍ତି ସଙ୍ଗମ ତନ୍ତ୍ରରେ କଳିଙ୍ଗ ଓ ଉତ୍କଳର ନାମଲିପିବଦ୍ଧ ।

ଖ୍ରୀଷ୍ଟ ପୂର୍ବ ତୃତୀୟ ଶତାବ୍ଦୀରୁ ଦ୍ରାବିଡ଼ ସଭ୍ୟତାର ଉନ୍ମେଷ ସମୟରେ ଓଡ଼ିଶାରେ ପ୍ରାଚୀନ ଶବରିତନ୍ତ୍ର ଅନୁଯାୟୀ ମାତୃଶକ୍ତି ଉପାସନା ଆରମ୍ଭ ହୋଇଥିଲା । କିମ୍ବଦନ୍ତୀରୁ ଜଣାଯାଏ ଯେ ଏହି ଉଡ୍ରଦେଶରେ ଏହି ପ୍ରାଚୀନ ଶବରୀତନ୍ତ୍ର ମତରେ ଶବର ରାଜା ବିଶ୍ୱାବସୁ ନୀଳମାଧବଙ୍କୁ ପୂଜା କରୁଥିଲେ ଓ ଶବରୀ କନ୍ୟା ଲଳିତା ଥିଲେ ତାଙ୍କ ସହାୟିକା । ଶବରୀତନ୍ତ୍ରରେ ଯେଉଁ ପତ୍ରମାଳିନୀ ବନଦେବୀଙ୍କୁ ପ୍ରାଚୀନ ଉତ୍କଳରେ ଉପାସନା କରାଯାଉଥିଲା ପରବ ୀ ପୁରାଣ ଓ ତନ୍ତ୍ର ଯୁଗରେ ସେହି ଦେବୀଙ୍କୁ ବନଦୁର୍ଗା ରୂପେ ଉପାସନା କରାଯାଇଥିଲା । ଯାହାପାଇଁ ପ୍ରାଚୀନ ପତ୍ରମାଳିନୀ ଦେବୀଙ୍କ ପରିବ େ ଦ୍ୱିଭୂଜା, ଚର୍ତୁଭୂଜା ଓ ଅଷ୍ଟଭୂଜା ପ୍ରଭୃତି ଦେବୀ ମୂ ିଙ୍କର ରୂପ ଓ ଆୟୁଧ କଳ୍ପନା କରାଯାଇଥିଲା । ଏଣୁ ଶବରୀତନ୍ତ୍ରର ବନଦେବୀ ହିଁ ଓଡ଼ିଶାର ପ୍ରାଚୀନ ବନଦୁର୍ଗା ରୂପେ ପ୍ରଥମେ ଆର୍ବିଭୂତା ହୋଇଥିଲେ । ଓଡ଼ିଶାର ପୁରପଲ୍ଲୀରେ ବନଦୁର୍ଗାଙ୍କୁ ପ୍ରସ୍ତର ବା କାଷ୍ଠସ୍ତମ୍ଭରେ ଉପଲବ୍ଧି କରାଯାଇ ସ୍ତମ୍ଭେଶ୍ୱରୀ ରୂପେ ଗ୍ରାମଦେବୀ ଉପାସନା ବହୁଳ ଭାବରେ ପ୍ରଚଳିତ ହୋଇଥିଲା । ପ୍ରତ୍ୟେକ ମାଙ୍ଗଳିକ କାର୍ଯ୍ୟର ଆରମ୍ଭରେ ଯେଉଁ ଦିଅଁ ମଙ୍ଗୁଳା କରାଯାଏ ତାହା ହିଁ ସର୍ବପ୍ରାଚୀନ ଦୁର୍ଗାପୂଜା ବା ଦେବୀପୂଜା ରୂପେ ଓଡ଼ିଶାର ସାଂସ୍କୃତିକ ପରମ୍ପରାରେ ଗୃହୀତ ହୋଇଛି । ଗ୍ରାମଦେବୀ ହିଁ ବନଦୁର୍ଗାଙ୍କ ସ୍ୱରୂପରେ ଉପାସିତା । ବୌଦ୍ଧ ସିଧାଚାର୍ଯ୍ୟମାନଙ୍କ ସାହିତ୍ୟରେ ଶବରସିଦ୍ଧାଚାର୍ଯ୍ୟ, ସରହପା ଓ ସରରୀପା ପ୍ରଭୃତି ନାମର ଉଲ୍ଲେଖ ରହିଛି । ସେ ସମୟରେ ବ୍ରାହ୍ମଣ୍ୟତନ୍ତ୍ର ମୁଖ୍ୟତଃ ମାତୃରୂପୀ ଗାୟତ୍ରୀ ଶକ୍ତିଙ୍କର ଆବାହନା କରି ବୈଦିକ ମାର୍ଗରେ ବ୍ରହ୍ମଶକ୍ତିଙ୍କର ଉପାସନା ପାଇଁ ଉଦ୍ଦିଷ୍ଟ ଥିଲା । ମାର୍କଣ୍ଡେୟ ପୁରାଣ ଅନ୍ତର୍ଗତ ସପ୍ତଶତୀ ଶ୍ରୀଚଣ୍ଡୀ ମହାତ୍ମ୍ୟର ପୃଷ୍ଠଭୂମିରେ ବ୍ରାହ୍ମଣତନ୍ତ୍ରର ସର୍ବପ୍ରାଚୀନ ମହୀଷାମର୍ଦ୍ଦିନୀ ଦୁର୍ଗା ରୂପେ ଯାଜପୁର ଠାରେ ବିରଜାଙ୍କର ଆର୍ବିଭାବ ହୋଇଥିଲା । ଓଡ଼ିଶାରେ ସର୍ବପ୍ରଥମ ଦ୍ୱିଭୂଜା ମହିଷାମର୍ଦ୍ଦିନୀ ଦୁର୍ଗାରୂପେ ବିରଜାଙ୍କୁ ଗ୍ରହଣ କରାଯାଏ ।

ଓଡ଼ିଶାରେ ବ୍ରାହ୍ମଣ୍ୟତନ୍ତ୍ରର ପ୍ରଭାବ ଫଳରେ ଗୁପ୍ତଯୁଗର ଦଶମହାବିଦ୍ୟା ତ ୍ୱର ଅନୁକରଣରେ ଦୁର୍ଗାଙ୍କର ଦଶବିଧ ମୌଳିକ ରୂପକୁ ନେଇ ଶାକ୍ତମାନେ କୌଳାଚାର ମତ ପ୍ରବ ିନ କରିଥିଲେ । ପ୍ରତ୍ୟେକ ମହାବିଦ୍ୟା କେତେକ ନିର୍ଦ୍ଦିଷ୍ଟ ପଦ୍ଧତି, ପୁବନ, ବର୍ଣ୍ଣ, ପଦ, ଶବ୍ଦ, ମନ୍ତ୍ର, ଯନ୍ତ୍ର, ପଟଳ, କବଚ, କୀଳକ, ସ୍ତୋତ୍ର ଓ ହୃଦୟ ମାଧ୍ୟମରେ ଦେବୀଙ୍କୁ ଉପାସନା କରିବା ପାଇଁ ପ୍ରବ ିତ ହୋଇଥିଲା । ଏହା କୁଳ କୁଣ୍ଡଳିନୀ ଶକ୍ତି ଜାଗରଣ ପାଇଁ ଏକ ବଳିଷ୍ଠ ମାଧ୍ୟମ ଥିଲା । ନାଦ, ବିନ୍ଦୁ ରୂପେ ଶିବ ଓ ଶକ୍ତିଙ୍କୁ ସାଧନାରେ ଉପଲବ୍ଧି କରି ସିଦ୍ଧି ଲାଭ କରାଯାଇଥାଏ । ସ୍ୱର ଓ ବ୍ୟଞ୍ଜନ ଅକ୍ଷରକୁ ମାତୃକା ରୂପେ ଗ୍ରହଣ କରି ବିଭିନ୍ନ ଚକ୍ରରେ ସେହି ଶକ୍ତିଙ୍କୁ ଜାଗ୍ରତ କରିବା ଦ୍ୱାରା କୁଣ୍ଡଳିନୀ ଶକ୍ତି ପ୍ରକାଶିତ ହୋଇଥାନ୍ତି । ଏହି କୌଳାଚାରପୂଜା ଦ୍ୱାରା ସମଗ୍ର ବିଶ୍ୱକୁ ଶ୍ରୀ ଚକ୍ର ମଧ୍ୟରେ ଅନୁଭବ କରାଯାଏ । ସପ୍ତମ ଶତାବ୍ଦୀ ବେଳକୁ ପ୍ରାଚୀନ ଓଡ଼ିଶାରେ ମାତୃଶକ୍ତି ପରମ୍ପରାର ବ୍ୟାପକତା ବୃଦ୍ଧି ପାଇଥିଲା । ପୌରାଣିକ ଦୁର୍ଗାଙ୍କୁ 'ଶ୍ରୀ ଶ୍ରୀ ଚଣ୍ଡୀ' ପୁରାଣରେ ଯେଉଁ ସବୁ ରୂପ, ମୂ ିକଳ୍ପନା ଓ ଆୟୁଧ ସହିତ ବର୍ଣ୍ଣନା କରାଯାଇଥିଲା, ଭୌମକର ରାଜବଂଶର କୀ ିଗୁଡ଼ିକରେ ତାହାକୁ ସର୍ବ ପ୍ରଥମେ ବିଭିନ୍ନ ମନ୍ଦିର ମଧ୍ୟରେ ଓ ମନ୍ଦିର ବାହାରେ ଜୀବନ୍ତ ଭାବରେ ରୂପାୟିତ କରାଯାଇଥିଲା । ବାସ୍ତବରେ ତୈତରୀୟ ଉପନିଷଦରେ ବର୍ଣ୍ଣିତ 'ଦୁର୍ଗୀ' କିମ୍ବା 'ଶ୍ରୀ ଶ୍ରୀ ଚଣ୍ଡୀ'ରେ ବର୍ଣ୍ଣିତ ଚାମୁଣ୍ଡା, ସପ୍ତମାତୃକା, ନବଦୁର୍ଗା କିମ୍ବା ଶବରୀତନ୍ତ୍ରର 'ବନଦୁର୍ଗା'ଙ୍କୁ ଏହି ସପ୍ତମ/ଅଷ୍ଟମ ଶତାବ୍ଦୀରେ ଓଡ଼ିଶାରେ ବିଭିନ୍ନ ଶକ୍ତିପୀଠ, ସହର, ଗ୍ରାମ ପ୍ରଭୃତିରେ ବହୁଳ ଭାବରେ ପ୍ରତିଷ୍ଠା କରାଯାଇଥିଲା । ଅବଶ୍ୟ ସେତେବେଳକୁ ଯାଜପୁରର ବିରଜା ଓ ପୁରୀର ବିମଳା ମୁଖ୍ୟ ଶକ୍ତି ରୂପେ ଉପାସିତା ହୋଇସାରିଥିଲେ । କିନ୍ତୁ ଦୁର୍ଗାପୂଜାର କ୍ରମବିକାଶରେ ଏହି ଭୌମକର ରାଜବଂଶର ଶକ୍ତି ଉପାସକ ରାଜା ଓ କେତେକ ରାଣୀମାନଙ୍କର ଅବଦାନ ଅବିସ୍ମରଣୀୟ ।

ସହକାରୀ ପ୍ରଫେସର, ଶରୀରତ ୍ୱ ବିଭାଗ, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୮୨୪୯୭୯୯୯୦୬

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି । ଏହା ମୋଟ ୯୦ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି । ବର୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧ୍ୟାନର ଅଂଶବିଶେଷ । ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ । ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍ସ ସାମିଲ ରହିଛି । ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍ସ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ । ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ । ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ । ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫର୍‌ମାନ ଘୋଷଣା କରିଛି । ଏହି ଅଫର୍‌ଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି । ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋର୍‌ଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି । ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି । ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି । ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲ୍‌ଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି । ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି । ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି । ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ । ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି ।

# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପ ାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତୃପକ୍ଷ ସ୍ଥାନୀୟ ସରପ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବା ିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପ ମିତା ମୁଣ୍ଡା, ପୂର୍ବତନ ସରପ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଳହରି ସରପ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି । ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ । ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା । ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା । ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍ୱତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା । ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା । ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି । ଭିଟାରା ବ୍ରିଜାର ଏକ ନିର୍ଦ୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି । ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାର୍ଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ । ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି । ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି । ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା । ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି । ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି ।''

# କ୍ରସରରେ ଚାପିହୋଇ ଜଣେ ଶ୍ରମିକ ମୃତ, ଅନ୍ୟ ଜଣେ ଗୁରୁତର

ଧର୍ମଶାଳା,(ପିଏନ୍): ଧର୍ମଶାଳା ତହସିଲ ଜେନାପୁର ଥାନା ଅ'ର୍ଗତ ରହାଡପୁରସ୍ଥିତ ଏକ କ୍ରଶର୍ ରେ କାମ କରୁଥିବା ବେଳେ ଅଘଟଣ ଘଟି ଜଣେ ଶ୍ରମିକ ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଣେ ଗୁରୁତର ଆହତ ହୋଇଥିବା ଜଣାପଡିଛି । ମୃତ ଶ୍ରମିକ ଜଣକ ପଶ୍ଚିମବଙ୍ଗ ବାଙ୍କୁଡା ଜିଲ୍ଲା ଖଜୁରିଆ ଗ୍ରମର ଶ୍ୟମଚରଣ ହଂସଦା (୪୫) ଓ ଆହତ ଜଣକ ସେହି ଗ୍ରାମର ଅନିଲ ସୋରେନ (୩୨) ବୋଲି ଜଣାପଡିଛି ସୂଚନା ମୁତାବକ ରହାଡପୁର ରେ ଥିବା ଶିବଶକ୍ତି ମେଗା କ୍ରାସର ରେ ଆଜି ସକାଳୁ ଶ୍ରମିକମାନେ କାମ କରୁଥିବା ବେଳେ ଅସାବଧାନତା ବସତ କ୍ରଶର ଚକରେ ଚାପି ହୋଇ ଜଣକର ମୃତ୍ୟୁ ଘଟିଥିବା ବେଳେ ଆନ୍ୟ ଜଣେ ଶ୍ରମିକ ଗୁରୁତର ଆହତ ହୋଇଥିଲେ । ଦୁର୍ଘଟଣାରେ ଆହତ ଶ୍ରମିକଙ୍କୁ ସ୍ଥାନୀୟ ଶ୍ରମିକମାନେ ଉଦ୍ଧାର କରି ବଡଚଣା ଡାକ୍ତରଖାନାରେ ଭର୍ତି କରିଥିଲେ । ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି । ଘଟଣାସ୍ଥଳରେ ମୃତ୍ୟୁ ଘଟିଥିବା ଶ୍ରମିକର ମୃତଦେହକୁ କ୍ରଶର ପରିଚାଳନା ଦାୟିତ୍ୱରେ ଥିବା କର୍ମଚାରୀ ଏକ ମହେନ୍ଦ୍ର ପିକଅପଭ୍ୟାନରେ ଉଠିକରି ମୃତକର ଶବ କୁ ଅନ୍ୟତ୍ର ନେଇଯାଉଥିବା ବେଳେ ଶବକୁ ଗାଏବ୍ କରିବା ଅଭିଯୋଗ କରି ସ୍ଥାନୀୟ ଲୋକେ ସମ୍ପାରୁ ଛକରେ ମୃତ ଦେହକୁ ଅଟକ ରଖି ରାସ୍ତା ରୋକ କରିଥିଲେ । ଫଳରେ ସେଠାରେ କିଛି ସମୟ ପାଇଁ ଚାପା ଉତେଜନା ପ୍ରକାଶ ପାଇଥିଲା । ଖବର ପାଇ ଘଟଣା ସ୍ଥଳରେ ଯାଜପୁର ରୋଡ ଏସଡିଓ ସୟ କୁମାର ପଟ୍ଟନାୟକ, ବଡ଼ଚଣା ଥାନା ଅଧିକାରୀ ଶରତ କୁମାର ପାତ୍ର, ଧର୍ମଶାଳା ଥାନା ଅଧିକାରୀ ତପନ କୁମାର ନାୟକ, ଜେନାପୁର ଥାନା ଅଧିକାରୀ ଶୁଭେନ୍ଦୁ କୁମାର ସାହୁଙ୍କ ସମେତ ଥାନା କର୍ମଚାରୀମାନେ ସେଠାରେ ଉପସ୍ଥିତ ରହି ଲୋକଙ୍କୁ ବୁଝାଶୁଝା କରିଥିଲେ । ମୃତକର ପରିବାରକୁ ୫୦ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବା ସହ ବେଆଇନ କ୍ରଶର ଗୁଡିକୁ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିବା ସହ ଗ୍ରାମବାସିମାନେ ଲିଖିତ ଆକାରରେ ପୁଲିସ ନିକଟରେ ଅଭିଯୋଗ କରିଥିଲେ । ତେବେ ମୃତକର ପରିବରକୁ କ୍ଷତିପୂରଣ ପ୍ରଦାନ ସହିତ ବେଅଇନ କ୍ରଶର ଗୁଡିକ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ପାଇଁ ତହସିଲଦାରଙ୍କୁ ଅବଗତ କରାଯିବା ନେଇ ପୁଲିସ ପକ୍ଷରୁ ପ୍ରତିସୃତି ମିଳିବା ପରେ ଲୋକେ ଶବକୁ ଛାଡିବା ସହିତ ରାସ୍ତାରୋକରୁ ହଟିଥିଲେ । ଏନେଇ ଜେନାପୁର ପୁଲିସ ଏକ କେଶ ରୁଜୁ କରି ମୃତଦେହକୁ ଜବତ କରି ବ୍ୟବଛେଦଲାଗି ପଠାଇବା ସହ ତଦନ୍ତ ଚଳାଇଛି ।

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କେନ୍ଦ୍ରିକ ଅଫର ଓ ସୁବିଧା ଘୋଷଣା କରାଯାଇଛି । ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି । ଋଙ୍ଝ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲୁପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିମ୍ପସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ । ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି । ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସପିଂ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି । ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଢକ୍ତଙ୍କକ୍ସ୍ପ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର । ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ । ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚାହୁଁଛୁ । ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି । ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଢଇବାକୁ ଆଶା ରଖିଛୁ । ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି ।

# କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, ୨୩/୧୦(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି । ନୂତନ ଲିଜ୍ ପାଇଥିବା କାସ୍‌ଭି ଇ ରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା । ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା । ମାତ୍ର କମ୍ପାନୀ ଏହାକୁ ମଧ୍ୟ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକ ୀ ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି । ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପଷ ବୁଝାମଣାରେ ନିଷ୍ପତି ନିଆଯିବ ।

# ଆଦର୍ଶ ବରିଷ୍ଠ ନାଗରିକ ପରିଷଦ ପକ୍ଷରୁ ୭୫ତମ ବନମହୋତ୍ସବ ପାଳନ

ବାଲିଅନ୍ତା,(ପି.ଏନ) : ଆଦର୍ଶ ବରିଷ୍ଠ ନାଗରିକ ପରିଷଦ ପକ୍ଷରୁ ୭୫ ତମ ବନମହୋତ୍ସବ ବୁଧବାରେ ସକାଳ ୯ ଘଟିକା ସମୟରେ ଅନୁଷ୍ଠିତ ପବିତ୍ର ସୁନାବେଶ ଅବସରରେ ଆଦର୍ଶ ବରିଷ୍ଠ ନାଗରିକ ପରିଷଦ ତରଫରୁ ଶିଶିଲୋ ସାନ ପୋଖରୀ ହୁଡାରେ ୭୫ ତମ ବନମହୋତ୍ସବ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଆଦର୍ଶ ବରିଷ୍ଠ ନାଗରିକ ପରିଷଦର ସଭାପତି ନବକିଶୋର ସ୍ୱାଇଁ, ସମାଜସେବୀ ମାଗୁଣି ସେଠୀ,ଏହି କାର୍ଯ୍ୟକ୍ରମର ସଂଯୋଜକ ପ୍ରମୋଦ କୁମାର ଭୋଇ,ପ୍ରକୃତିବନ୍ଧୁ ଦୀନବନ୍ଧୁ ଭୋଇ,ବିଜୟ କୁମାର ଭୋଇ, ଉମାଦେଇବ୍ରହ୍ମପୁର ପଞ୍ଚାୟତ ସମିତି ସଭ୍ୟ ରଞ୍ଜନ କୁମାର ମହାପାତ୍ର, ସ୍ଥାନୀୟ ସମିତି ସଭ୍ୟା ଶ୍ରୀମତୀ ମମତା ମାହାରୀ ସମେତ ୫୦ରୁ ଉର୍ଦ୍ଧ୍ୱ ବରିଷ୍ଠ ନାଗରିକ ଓ ଗ୍ରାମବାସୀ ଏହି କାର୍ଯ୍ୟକ୍ରମରେ ଯୋଗଦେଇ



ଟକମା, ଲିମ୍ବ, ଅର୍ଜୁନ, କରଞ୍ଜ, ବଉଳ ଆଦି ପ୍ରକାରର ବୃକ୍ଷ ରୋପଣ କରିଥିଲେ । ପରିବେଶ ସୁରକ୍ଷା ଦିଗରେ ବୟସର ଅପରାହ୍ନରେ ପଦାର୍ପଣ କରି ମଧ୍ୟ ଜୀବଜଗତ ପାଇଁ ବୃକ୍ଷର ଆବଶ୍ୟକତା କଥା ନେଇ ବରିଷ୍ଠ ନାଗରିକ ମାନଙ୍କ ଏହି ପ୍ରୟାସ ନିଶ୍ଚିତ ଭାବେ ଆଗାମୀ ପିଢ଼ି ପାଇଁ ଅନୁକରଣୀୟ ହେବ ।



# ମୋ ଓଡ଼ିଶା

## ସାଧାରଣ ବିଦ୍ୟାଳୟରେ ସ୍ୱତନ୍ତ୍ର ଶିକ୍ଷକ ନିଯୁକ୍ତି କରାଯିବାର ଆବଶ୍ୟକତା ନାହିଁ

ଭୁବନେଶ୍ୱର (ପିଏନ୍): ମାନ୍ୟବର ସୁପ୍ରିମକୋର୍ଟ ଦେଇଥିବା ଆଦେଶ ଆଧାରରେ ଓଡ଼ିଶା Special Educator Federation for ଦିବ୍ୟାଙ୍ଗ ସଂଘ ଯେଉଁ ଦାବି କରିଛି ଯେ, ଓଡ଼ିଶାର ୬୪,୦୦୦ରୁ ଅଧିକ ବିଦ୍ୟାଳୟରେ ୮୨,୦୦୦ ସ୍ୱତନ୍ତ୍ର ଯତ୍ନ ଆବଶ୍ୟକ କରୁଥିବା ଛାତ୍ରଛାତ୍ରୀ ଅଛନ୍ତି, ବାସ୍ତବରେ ଏହି ଦାବି ସଂପୂର୍ଣ୍ଣ ଭିତିହିନ ଓ କପୋଳକଳ୍ପିତ। ସ୍ୱତନ୍ତ୍ର ଯତ୍ନ ଆବଶ୍ୟକ କରୁଥିବା ଛାତ୍ର/ଛାତ୍ରୀମାନେ ରାଜ୍ୟରେ ପରିଚାଳିତ ସ୍ୱତନ୍ତ୍ର ବିଦ୍ୟାଳୟରେ ପଢିଆସୁଛନ୍ତି। କିନ୍ତୁ ସାଧାରଣ ବିଦ୍ୟାଳୟରେ ଯେଉଁ ଛାତ୍ର/ଛାତ୍ରୀମାନଙ୍କୁ ଦିବ୍ୟାଙ୍ଗ ବୋଲି କୁହାଯାଉଛି ବାସ୍ତବରେ ସେହି ଛାତ୍ର/ଛାତ୍ରୀମାନେ ଦିବ୍ୟାଙ୍ଗ ମାପକାଠି ଅନୁଯାୟୀ ଦିବ୍ୟାଙ୍ଗ ତାଲିକାଭୁକ୍ତ ହୋଇପାରିବେ ନାହିଁ। ଏହି ସାଧାରଣ ବିଦ୍ୟାଳୟରେ ପଢୁଥିବା ଛାତ୍ର/ଛାତ୍ରୀମାନଙ୍କ ମଧ୍ୟରୁ ଯେଉଁମାନଙ୍କୁ ମୁକ ବଧିର ବୋଲି ଦର୍ଶାଯାଉଛି ସେମାନଙ୍କ ମଧ୍ୟରୁ ୩୦ ପ୍ରତିଶତରୁ କମ୍ ଶ୍ରବଣ ଓ ବାକ୍ ବାଧିତ ଥିବା ଛାତ୍ର/ଛାତ୍ରୀମାନେ ପଢୁଛନ୍ତି। କିନ୍ତୁ ନିୟମ ଅନୁଯାୟୀ ୪୦ ପ୍ରତିଶତରୁ ଉର୍ଦ୍ଧ୍ୱ ଶ୍ରବଣ ଓ ବାକ୍‌ବାଧିତ କ୍ଷତି ଥିଲେ ସେମାନେ ଦିବ୍ୟାଙ୍ଗ ତାଲିକାରେ ସ୍ଥାନ ପାଇବେ। ସେହିଭଳି ଭାବରେ ଶାରୀରିକ ବିକଳାଙ୍ଗ ଓ ଦୃଷ୍ଟିହୀନ ତାଲିକାରେ ସ୍ଥାନ ପାଇବା ପାଇଁ ଯେଉଁ ମାପକାଠି ରହିଛି ତାହାଠାରୁ ବହୁତ କମ୍ କ୍ଷତି ଥିବା ଶାରିରୀକ ବିକଳାଙ୍ଗ ଓ ଦୃଷ୍ଟିହୀନ ଛାତ୍ର/ଛାତ୍ରୀମାନେ ସାଧାରଣ ବିଦ୍ୟାଳୟରେ ପଢୁଛନ୍ତି, ଯେଉଁମାନେ କି ଦିବ୍ୟାଙ୍ଗ ତାଲିକାରେ ସ୍ଥାନ ପାଇବା ପାଇଁ ଯୋଗ୍ୟ ବିବେଚିତ ନୁହଁନ୍ତି।

ଉଲ୍ଲେଖନୀୟ ଯେ, କେନ୍ଦ୍ର ସରକାର ବାର୍ଷିକ ୩୦ କୋଟିରୁ ଅଧିକ ଟଙ୍କା ବିଦ୍ୟାଳୟ ଗଣଶିକ୍ଷା ବିଭାଗକୁ ଦିବ୍ୟାଙ୍ଗ ଛାତ୍ର/ଛାତ୍ରୀମାନଙ୍କ ପାଇଁ ଅନୁଦାନ ଦେଇଥାନ୍ତି ଏବଂ ଏହି ଅନୁଦାନ ଟଙ୍କାକୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ବିଭିନ୍ନ ସାଧାରଣ ବର୍ଗର ଛାତ୍ର/ଛାତ୍ରୀ ପଢୁଥିବା ବିଦ୍ୟାଳୟକୁ ଦିବ୍ୟାଙ୍ଗ ଛାତ୍ର/ଛାତ୍ରୀଙ୍କ ଉଦ୍ଦେଶ୍ୟରେ ଅନୁଦାନ ଟଙ୍କା ଦେଇଥାନ୍ତି।

ସାଧାରଣ ବର୍ଗର ବିଦ୍ୟାଳୟଗୁଡ଼ିକର କର୍ତ୍ତୃପକ୍ଷ ଯେଉଁମାନେ ଦିବ୍ୟାଙ୍ଗ ଛାତ୍ର/ଛାତ୍ରୀ ନୁହଁନ୍ତି ସେମାନଙ୍କୁ ଦିବ୍ୟାଙ୍ଗ ଛାତ୍ର/ଛାତ୍ରୀ ଦର୍ଶାଇ ସେମାନଙ୍କ ନାମରେ ଦିଆଯାଇଥିବା ଅର୍ଥକୁ ଅଯଥା ଅପବ୍ୟୟ କରୁଛନ୍ତି। ତେଣୁ ରାଜ୍ୟରେ ବିଦ୍ୟାଳୟଗୁଡ଼ିକର ଯେଉଁସବୁ ଛାତ୍ର/ଛାତ୍ରୀଙ୍କୁ ମିଥ୍ୟାଭାବେ ଦିବ୍ୟାଙ୍ଗ ଛାତ୍ର/ଛାତ୍ରୀ ଦର୍ଶାଯାଇଛି ସେହି ତାଲିକାକୁ ଆଧାରକରି ଓଡ଼ିଶା Special Educator Federation for ଦିବ୍ୟାଙ୍ଗ ସଂଘ ୮୨,୦୦୦ ଦିବ୍ୟାଙ୍ଗ ଛାତ୍ର/ଛାତ୍ରୀ ସାଧାରଣ ବିଦ୍ୟାଳୟରେ ପଢୁଛନ୍ତି ବୋଲି ଦାବି କରିଛି।

ପ୍ରକାଶଯୋଗ୍ୟ ଯେ, ମାନ୍ୟବର ସର୍ବୋଚ୍ଚ ନ୍ୟାୟାଳୟ ସାଧାରଣ ବିଦ୍ୟାଳୟରେ ପଢୁଥିବା ଦିବ୍ୟାଙ୍ଗ ଛାତ୍ର/ଛାତ୍ରୀ ମାନଙ୍କ ପାଇଁ ସ୍ୱତନ୍ତ୍ର ଶିକ୍ଷକ ନିଯୁକ୍ତି ଦେବାଲାଗି ରାଜ୍ୟ ସରକାରଙ୍କୁ ଯେଉଁ ନିର୍ଦ୍ଦେଶ ଦେଇଛନ୍ତି ତାହାକୁ ବିଚାରକୁ ନିଆଗଲେ ଓଡ଼ିଶାର ସାଧାରଣ ବିଦ୍ୟାଳୟରେ ସ୍ୱତନ୍ତ୍ର ଶିକ୍ଷକ ନିଯୁକ୍ତି କରାଯିବାର ଆବଶ୍ୟକତା ନାହିଁ। କାରଣ ସାଧାରଣ ବିଦ୍ୟାଳୟରେ ଯେଉଁ ଛାତ୍ରଛାତ୍ରୀମାନଙ୍କୁ ଦିବ୍ୟାଙ୍ଗ ବୋଲି ଦର୍ଶାଯାଉଛି ବାସ୍ତବରେ ସେମାନେ ଦିବ୍ୟାଙ୍ଗ ନୁହଁନ୍ତି। ବାସ୍ତବରେ ଯେଉଁ ଛାତ୍ର/ଛାତ୍ରୀମାନେ ଦିବ୍ୟାଙ୍ଗ ଅଟନ୍ତି ସେମାନଙ୍କ ପାଇଁ ରାଜ୍ୟରେ ୧୧୫ଟି ସ୍ୱତନ୍ତ୍ର ବିଦ୍ୟାଳୟ ପରିଚାଳିତ ହେଉଛି ଏବଂ ଏହିସବୁ ସ୍ୱତନ୍ତ୍ର ବିଦ୍ୟାଳୟରେ ଶତପ୍ରତିଶତ ଦିବ୍ୟାଙ୍ଗ ଛାତ୍ର/ଛାତ୍ରୀମାନେ ଶିକ୍ଷାଗ୍ରହଣ କରିଆସୁଛନ୍ତି ବୋଲି ସତ୍ୟଭାମାଦେବୀ ୱେଲଫେୟାର ଟ୍ରଷ୍ଟର ମ୍ୟାନେଜିଂ ଟ୍ରଷ୍ଟି ସୁଶ୍ରୀ ନିରଜାଲକ୍ଷ୍ମୀ ମହାପାତ୍ର ପ୍ରକାଶ କରିଛନ୍ତି।

## ମହିଳା ଗୋଷ୍ଠୀଙ୍କୁ ଧାନ ମଣ୍ଡି ଚଳାଇନଦେବାକୁ ଚକ୍ରାନ୍ତ

ଫୁଲନଖରା (ପିଏନ୍)- ମହିଳାମାନଙ୍କୁ ସବୁ କ୍ଷେତ୍ରରେ ସଶକ୍ତ ଓ ସ୍ୱାବଲମ୍ବନଶୀଳ କରିବା ଉପରେ ରାଜ୍ୟ ସରକାର ଗୁରୁତ୍ୱାରୋପ କରୁଛନ୍ତି; ମିଶନ ଶକ୍ତି ଜରିଆରେ ସେମାନଙ୍କୁ ଆତ୍ମ ନିର୍ଭରଶୀଳ କରିବା ଦିଗରେ ବହୁବିଧ ଯୋଜନା ପ୍ରଣୟନ ଓ କାର୍ଯ୍ୟାନ୍ୱୟନ ଚାଲିଛି। ଏହି ପରିପ୍ରେକ୍ଷୀରେ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶରେ ମିଶନ ଶକ୍ତି ଜରିଆରେ ଚଳିତ ବର୍ଷ ପଂଜିକୃତ ଚାଷୀଙ୍କଠାରୁ ଖରିଫ ଧାନ କ୍ରୟ ନିମନ୍ତେ ମହିଳା ଗୋଷ୍ଠୀଙ୍କୁ ଦାୟିତ୍ୱ ଦେବାକୁ ସମସ୍ତ ଜିଲାପାଳଙ୍କୁ ନିର୍ଦ୍ଦେଶ ମିଳିଛି। ମାତ୍ର କିଛି ନ୍ୟସ୍ତସ୍ୱାର୍ଥ ଗୋଷ୍ଠୀ ଏହାକୁ ଉଦ୍ଦେଶ୍ୟମୂଳକ ଭାବେ ବିରୋଧ କରୁଥିବା ଜଣାଯାଇଛି। ପ୍ରତିବର୍ଷ କେତେକ ଦଲାଲ ଓ ମଧ୍ୟସ୍ଥ ନିଜର ମୁନାଫା କମାଇବାକୁ ନାନାଦି ପ୍ରକାର ଅନୈତିକ ଉପାୟ ଅବଲମ୍ବନ କରିଆସୁଥିବାରୁ ସରକାରଙ୍କ ଏହି ନୂତନ ପଦକ୍ଷେପ ସେଥିରେ ପ୍ରତିବନ୍ଧକ ସାଜିଛି। ଏଣୁ ଏହି ମଧ୍ୟସ୍ଥି ଉକ୍ତ ସରକାରୀ ନିଷ୍ପତ୍ତିକୁ ବିରୋଧ କରିବା ଆରମ୍ଭ କରିଛନ୍ତି। ଯାହାକୁ ନେଇ ସମ୍ପୃକ୍ତ ଅଞ୍ଚଳର ଚାଷୀ ଓ ମହିଳା ଗୋଷ୍ଠୀମାନଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ବାରଙ୍ଗ ବ୍ଲକ ୩୩ ନମ୍ବର ଜୋନ ଅର୍ନ୍ତଗତ ନଗରୀ ପଞ୍ଚାୟତରେ କିଛି ସ୍ୱାର୍ଥନ୍ୱେଷୀ ବ୍ୟକ୍ତି ନିଜ ବେନିୟମ ଆୟ ହରାଇବା ଭୟରେ ସମ୍ପୃକ୍ତ ମହିଳା ଗୋଷ୍ଠୀଙ୍କୁ ଧାନ ମଣ୍ଡି କରାଇନଦେବାକୁ ମସୁଧା ଚଳାଇଛନ୍ତି। ଏପରିକି ସେମାନେ ଲୋକଙ୍କ ଜାଲ ସ୍ୱାକ୍ଷର କରି ଜିଲାପାଳ ଓ ସମବାୟ ସମିତି ଉଚ୍ଚ କର୍ତ୍ତୃପକ୍ଷଙ୍କୁ ଲିଖିତ ଜଣାଇଛନ୍ତି। ଅପରପକ୍ଷରେ ମଣ୍ଡି ଖୋଲିବା ସମୟ ଉପନୀତ ହୋଇଥିବାରୁ ନଗରୀ ପଞ୍ଚାୟତରେ ଖରିଫ ଧାନ କିଣିବାକୁ ଗଡେଶ୍ୱର ମହିଳା ସ୍ୱୟଂ ସହାୟକ ଗୋଷ୍ଠୀକୁ ଦାୟିତ୍ୱ ଦିଆଯାଇଛି। ମାତ୍ର ଏହାକୁ କତିପୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ବିରୋଧ କରିବା ଓ ନକଲି ଦସ୍ତଖତ ଘଟଣାକୁ ଚାଷୀ ମହଲରେ ନିନ୍ଦା କରାଯାଇଛି। ଏହାର ଉପଯୁକ୍ତ ତଦ' କରାଯିବାକୁ ଉଭୟ ଚାଷୀ ଓ ମହିଳା ଗୋଷ୍ଠୀ କାର୍ଯ୍ୟକର୍ତ୍ତା ଦାବି କରିଛନ୍ତି।

## ନେତାଜୀଙ୍କ ଶେଷକଥା





୧୯୪୫ ମସିହା ଅଗଷ୍ଟ ୧୮ରେ ଭାରତର ସ୍ୱାଧୀନତା ସଂଗ୍ରାମର ବୀର ମହାପୁରୁଷ ନେତାଜୀ ସୁଭାଷ ଚନ୍ଦ୍ର ବୋଷ ତାଇୱାନ ବିମାନ ଦୁର୍ଘଟଣାରେ ପ୍ରାଣ ହରାଇଥିଲେ। ଏହି ଦୁର୍ଘଟଣାର କେତେକ ପ୍ରତ୍ୟକ୍ଷଦର୍ଶୀଙ୍କ ବୟାନକୁ ଆଧାର କରି ବ୍ରିଟେନ ଏକ ୱେବ୍‌ସାଇଟ୍ ତଥ୍ୟ ପ୍ରକାଶ କରିଛି। ଏହି ୱେବ୍‌ସାଇଟ୍‌ଟି ନେତାଜୀଙ୍କ ଅନ୍ତିମ ସମୟର କେତେକ ଘଟଣାବଳୀ ସମ୍ପର୍କିତ ତଥ୍ୟକୁ ଆଧାର କରି ତିଆରି କରାଯାଇଛି। ଉକ୍ତ ଘଟଣା ସହ ସମ୍ପର୍କ ଥିବା କେତେକ ବ୍ୟକ୍ତିବିଶେଷଙ୍କ ବୟାନ, ଦୁର୍ଘଟଣା ସମ୍ପର୍କିତ ତଥ୍ୟ ସଂଗ୍ରହ କରିବା ଲାଗି ଘଟଣାସ୍ଥଳ ପରିଦର୍ଶନ କରିଥିବା ତଥ୍ୟର ଦୁଇଟି ଗୁଇନ୍ଦା ରିପୋର୍ଟକୁ ଆଧାର କରି ଏହି ରିପୋର୍ଟ ପ୍ରକାଶ କରିଛି।

୧୯୫୬ରେ ଭାରତ ସରକାରଙ୍କ ଦ୍ୱାରା ଗଠନ କରାଯାଇଥିବା ନେତାଜୀ ଇନ୍‌କ୍ୱାରୀ କମିଟି ରିପୋର୍ଟକୁ ଆଧାର କରି ୱେବ୍‌ସାଇଟ୍‌ରେ ପ୍ରକାଶ ପାଇଥିବା ତଥ୍ୟ ଅନୁଯାୟୀ ନେତାଜୀ ଏବଂ ୧୨ରୁ ୧୩ ଅନ୍ୟ ସଦସ୍ୟଙ୍କୁ ନେଇ ଜାପାନର ଏୟାରଫୋର୍ସ କୋମାର ବିମାନ ୧୯୪୫ ଅଗଷ୍ଟ ୧୮ରେ ଭିଏତ୍‌ନାମାର ଟୋରେନ୍ୱରୁ ଯାତ୍ରା ଆରମ୍ଭ କରିଥିଲା। ଏଥିରେ ନେତାଜୀଙ୍କ ସହ ଜାପାନ ସେନାବାହିନୀର ଲ୍ୟୁଟନା ଜେନେରାଲ ସୁନାମାସା ଶିଦେଇ (Sunamasa Sidei) ମଧ୍ୟ ଉପସ୍ଥିତ ଥିଲେ। ପାଗ ଭଲ ଥିବାରୁ ଏବଂ ବିମାନ ଅବସ୍ଥା ମଧ୍ୟ ଠିକ୍ ଥିବାରୁ ବିମାନଟି ହୋଇତୋ ଉପର ଦେଇ ଅଗଷ୍ଟ ୧୮ରେ ତେଇପେଇ ପହ ୍ବ ବୋଲି ପାଇଲଟ ସୂଚନା ଦେଇଥିଲେ। ବିମାନରେ ଯାତ୍ରା କରୁଥିବା ଜାପାନର ଏୟାରଷ୍ଟାଫ୍ ଅଫିସର ମେଜର ଟାରୋ କାନୋ (Taro Cano) ଉକ୍ତ କମିଟିକୁ ଜଣାଇଥିଲେ ଯେ, ବିମାନର ବାମ ପାର୍ଶ୍ୱର ଇଞ୍ଜିନ ଠିକ୍ ଭାବେ କାମ କରୁନଥିବା ଲକ୍ଷ୍ୟ କରିଥିଲେ। ଏହାପରେ ସେ ଯା କରିଥିଲେ ଏବଂ ଠିକ୍ ଥିବା ଜାଣିବାକୁ ପାଇଥିଲେ। ତାଙ୍କ ସହ ଥିବା ଇଞ୍ଜିନିୟର ମଧ୍ୟ ଏହାକୁ ଯା କରିଥିଲେ। ତେବେ ବିମାନଟି ରନ୍‌ୱେରେ ଉଡ଼ିବା ଆରମ୍ଭ କରିବା କ୍ଷଣି ସେଥିରେ ଏକ ବିସ୍ଫୋରଣ ଶୁଣିବାକୁ ମିଳିଥିଲା। ତୋପ ମାଡ଼ ହେବା ଭଳି ଶବ୍ଦ ଶୁଣିବାକୁ ମିଳିଥିଲା। ଏହାପରେ ବିମାନଟି ବାମପାର୍ଶ୍ୱକୁ ଢଳି ଯାଇଥିବା ରନ୍‌ୱେରେ ଥିବା ଇଞ୍ଜିନିୟର କ୍ୟାପ୍‌ନେଟ ନକମୁରା ପ୍ରକାଶ କରିଥିଲେ। ଏହି ସମୟରେ ବିମାନଟି ମାତ୍ର ୩୦ରୁ ୪୦ ମିଟର ଉପରେ ଉଡୁଥିଲା। ରନ୍‌ୱେର ମାତ୍ର ୧୦୦ ମିଟର ଦୂରରେ ବିମାନଟି ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲା। ବିମାନର ସମ୍ମୁଖ ଭାଗରେ ଅଗ୍ନି ସଂଯୋଗ ହୋଇଯାଇଥିଲା। ତେବେ ବିମାନର ମୁଖ୍ୟ ପ୍ରବେଶ ପଥ ଦେଇ ଆମେ ବାହାରି ପାରିବା ନାହିଁ ଏବଂ ପଛପଟ ଦେଇ ବାହାରିବା ବୋଲି ତାଙ୍କ ସହ ଯାତ୍ରା କରୁଥିବା ଜେନେରାଲ ରହମାନଙ୍କୁ ନେତାଜୀ କହିଥିଲେ। ଏହାପରେ ରହମାନ ନେତାଜୀଙ୍କୁ ବିମାନ ଭିତରୁ ବାହାର କରିଥିଲେ। ତାଙ୍କ ମୁଣ୍ଡର ବାମପାର୍ଶ୍ୱରେ ଗଭୀର କ୍ଷତ ହୋଇଥିଲା। ନିଆଁରେ ତାଙ୍କ ମୁହଁ ମଧ୍ୟ ଆଂଶିକ ଭାବେ ପୋଡ଼ି ଯାଇଥିଲା। ଶରୀରରେ ଥିବା ପୋଷାକ ମଧ୍ୟ ପୋଡ଼ି ଯାଇଥିଲା। ତମକୁ ଅଧିକ କ୍ଷତି ହୋଇନାହିଁ ତ ବୋଲି ନେତାଜୀ ଏହି ସମୟରେ ତାଙ୍କ ଉ ର ଦେଇଥିଲେ। କିନ୍ତୁ ନେଜାତୀ ମୁଁ ଆଉ ବ ୍ବିନି ବୋଲି ପ୍ରକାଶ କରିଥିଲେ। ନେତାଜୀ କହିଥିଲେ ଯେ, ଯେତେବେଳେ ଭାରତକୁ ଫେରିବ ନେତାଜୀ ଶେଷ ମୁହୂ ଯାଏ ଭାରତର ସ୍ୱାଧୀନତା ଲାଗି ସଂଗ୍ରାମ ଜାରି ରଖିଥିଲେ ବୋଲି ମୋ ଦେଶର ଭାଇଭଉଣୀମାନଙ୍କୁ ଜଣାଇବ। ସେମାନେ ସ୍ୱାଧୀନତା ସଂଗ୍ରାମକୁ ଜାରି ରଖିଥିବେ। ହିନ୍ଦୁସ୍ତାନ ନିଶ୍ଚୟ ସ୍ୱାଧୀନ ହେବ। 'ତାକୁ କେହି ଭୃତ୍ୟ କରି କରି ରଖିପାରିବେ ନାହିଁ'। ଏହା ଥିଲା ନେତାଜୀଙ୍କ ଶେଷକଥା ବୋଲି ରହମାନ ଉକ୍ତ କମିଟିକୁ କହିଥିଲେ।

ଉକ୍ତ ବିମାନରେ ଯାତ୍ରା କରିଥିବା ଲ୍ୟୁଟନା କଲୋନେଲ ଶିରୋ ନୋନୋଗାକି କହିଥିଲେ ଯେ, ବିମାନର ବାମ ୱିଙ୍ଗସ୍ ନିକଟରେ ଛିଡ଼ା ହୋଇଥିଲେ ତାଙ୍କ ପୋଷାକ ପୋଡ଼ି ଯାଇଥିଲା ଏବଂ ରହମାନ ତାଙ୍କ କୋର୍ଟ ସାହାଯ୍ୟରେ ନିଆଁ ଲିଭାଇବାକୁ ଉଦ୍ୟମ କରିଥିଲେ। ଦୁର୍ଘଟଣାର ୧୧ ବର୍ଷ ପରେ ପ୍ରତ୍ୟକ୍ଷଦର୍ଶୀ କଲୋନେଲ ରହମାନ (ନୋନୋଗାକି- Nonogaki) ତାକାହାସି ଏବଂ ନକମୁରା ଦେଇଥିବା ବୟାନରେ କିଛିଟା ପାର୍ଥକ୍ୟ ଥିଲେ ସୁଦ୍ଧା ସମସ୍ତ ଉକ୍ତିରୁ ଗୋଟିଏ କଥା ସ୍ପଷ୍ଟ ହୋଇଥିଲା ଯେ, ଦୁର୍ଘଟଣାରେ ନେତାଜୀଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଥିଲା। ଦୁର୍ଘଟଣା ପରେ ତାଙ୍କୁ ନିକଟସ୍ଥ ନାନ୍‌ମୋନ୍ ସେନା ଡ଼ାକ୍ତରଖାନାରେ ଗୁରୁତର ଅବସ୍ଥାରେ ଭ କରାଯାଇଥିଲା। ତେବେ, ନେତାଜୀଙ୍କର ଦେଶପ୍ରେମର ଆଦର୍ଶ ଥିଲା ଭିନ୍ନ। ସେ ସୁଦୂରଦର୍ଶୀ ଭାବରେ ଜାଣିଥିଲେ ଇଂରେଜମାନଙ୍କୁ ପରାସ୍ତ କରି ହଟାଇବା ପାଇଁ (ହିଂ ସାର) ମାର୍ଗ ହିଁ ଆପଣେଇବା ପାଇଁ ବାଧ। ଅହିଂସାର ମାର୍ଗଦର୍ଶନରେ ସଂଗ୍ରାମୀମାନେ ବ୍ରିଟିଶମାନଙ୍କ ହାତରେ ବଳି ପଡ଼ିଯାଉଛନ୍ତି। କେତେଯେ, ନିରୀହ ସ୍ୱାଧୀନତାସ ସଂଗ୍ରାମୀ ଏହି ଆନ୍ଦୋଳନର ଝାସ ଦେଲେଣି ତା'ର ହିସାବ ଗାନ୍ଧିଜୀ ଦେଇପାରିବେ କି? ବୋଲି ଥରେ ଗାନ୍ଧୀଙ୍କୁ ପଚାରିଥିଲେ। ମୁଁ ଏହାକୁ ହୃଦୟତାର ସହ କୌଣସି ପ୍ରକାରେ ବରଦାସ୍ତ କରିପାରିବି ନାହିଁ। ଆମକୁ ଯେଶାକୁ ତେସା ନୀତିରେ ଲଢେଇ କରିବାକୁ ହିଁ ପଡ଼ିବ। ଇଂରେଜମାନେ ଜାଣିଥିଲେ ଗାନ୍ଧିଜୀଙ୍କ ଆଦର୍ଶରେ ଅନୁପ୍ରାଣୀତ ଭାରତୀୟ ମାନଙ୍କୁ ସହଜରେ ପରାସ୍ତ କରି ନିୟନ୍ତ୍ରଣ କରାଯାଇ ପାରିବ। ଆମେ ନିରୀହ, ସରଳ, ଆମେ ଶାନ୍ତିପ୍ରିୟ ଅହିଂସାର ବା । ପ୍ରଚାର କରୁଥିବା ବେଳେ ହଜାର ହଜାର ନିରୀହ ସ୍ୱାଧୀନତା ସଂଗ୍ରାମୀମାନେ ବ୍ରିଟିଶରଙ୍କ ଗୁଳିରେ ପ୍ରାଣ ହରାଇଥିଲେ। ସତ୍ୟଯୁଗରେ ମଧ୍ୟ ମହାଭାରତରେ ଅହିଂସାର ନିର୍ଦ୍ଦେଶନ ପ୍ରତିଫଳିତ ହୋଇଥିବା ବେଳେ ଆବଶ୍ୟକସ୍ଥଳେ ହିଂସାର ରୂପ ନେବା ପାଇଁ ଆମକୁ ଦିଗ୍‌ଦର୍ଶନ ଦେଇଛି। ଯାହା ସମସ୍ତ ବିଶ୍ୱକୁ ଚକିତ କରିଥିଲା। ତେଣୁ, ଆଜି ସେହି ସଂଗ୍ରାମୀ ମହାପୁରୁଷଙ୍କର ମହ ୍ୟ ଉପଦେଶକୁ ନିଶ୍ଚିତ ରୂପେ ଆଜିର ପବିତ୍ର ଦିବସରେ ଭାରତୀୟମାନଙ୍କୁ ସ୍ମରଣ କରିବାର ଯଥାର୍ଥତା ଜରୁରୀ। ନେତାଜୀଙ୍କର ସେହି ଚେତନାଶୀଳ ଭାବନାର ଉ ର ବାସ୍ତବରେ ପ୍ରତିଫଳନ ରୂପାନ୍ତରିତ ହୋଇଥିଲା କି ନାହିଁ ତାହା ମୁଁ ଆଜି ଭାରତୀୟମାନଙ୍କୁ ପଚାରିବା ପାଇଁ ଚାହେଁ। ନେତାଜୀଙ୍କ ଆଦର୍ଶକୁ ଆଜି ଆମ୍ଭେ ଭୁଲିଯାଇ ସ୍ୱାଧୀନ ଦେଶର ଏକ ଶାନ୍ତିପ୍ରିୟ ରାଷ୍ଟ୍ରର ମାନ୍ୟତା ପାଇଥିବାରୁ ଏହାକୁ ଦୁର୍ବଳ ମନେ କରି ସ୍ୱାଧୀନ ଦେଶର ନାଗରିକ ହୋଇଥିଲେ ମଧ୍ୟ ପଡ଼ୋଶୀ ଦେଶ ଭାବରେ ଆମଠାରୁ ଜନ୍ମ ନେଇ ପାକିସ୍ତାନ ଓ ଚୀନ୍ ଆମକୁ ଶାନ୍ତିପ୍ରିୟ ଭାବରେ ରହିବା ପାଇଁ ଚାହୁଁନାହାଁନ୍ତି। ଏହି ପରିପ୍ରେକ୍ଷୀରେ ନେତାଜୀ ସେତେବେଳେ ଯଦି ଥାଆନ୍ତେ, ଭାରତକୁ ଖଣ୍ଡବିଖଣ୍ଡିତ କିରବାର ଆସ୍ଫାଳନ ବିଫଳ ହୋଇଥାନ୍ତା ନିଶ୍ଚୟ।

ତେଣୁ, ହେ ମହାପୁରୁଷ, କେଉଁଠାରେ ଅଛ? ଖୋଜୁଛି ତୁମକୁ ଏଇ ଭାରତବର୍ଷ। ତୁମେ କହିଥିଲ, ମୋତେ ରକ୍ତ ଦିଅ ଭୁଲିଯିବ ନାହିଁ ଏଇ ମଣିଷ ଯେଉଁଠି ବ ୍ବେ, ଯେଉଁଠାରେ ଥାଅ ଭାରତମାତାକୁ ଆଶୀର୍ବାଦ ଦିଅ। ସର୍ବଶେଷରେ, ଆଜି ତାଙ୍କର ପୂଣ୍ୟତିଥି ଜୟନ୍ତୀ ଅବସରରେ ମୁଁ ଜଣେ ଆନ୍ତରିକତାର ସହିତ ଗର୍ବିତ ଭାରତୀୟ ଭାବେ ତାଙ୍କର ନୀତି, ଆଦର୍ଶ, ନୈତିକତା, ଜଳାଞ୍ଜଳି, ଚିନ୍ତାଧାରାକୁ ଅନୁସରଣ, ଅନୁକରଣ କରିବାର ସମୟ ଉପନୀତ ହୋଇଥିବାରୁ ତାଙ୍କର ହୃଦୟକୁ, ସହୃଦୟତାର ସହିତ ସସମ୍ମାନ ଜଣାଇ ଭକ୍ତିଭୂତ ଶ୍ରଦ୍ଧାଞ୍ଜଳି ଅର୍ପଣ କରୁଛି। ଜୟହିନ୍ଦ, ଜୟ ନେତାଜୀ, ଜୟ ଭାରତମାତା।

**ପ୍ରଦୀପ ସେନାପତି** *(ଲେଖକ ଜଣେ କଠୋରପନ୍ଥୀ ଦେଶଭକ୍ତ, ରାଜ୍ୟ ସଭାପତି, ଓଡ଼ିଶା ସାମ୍ବାଦିକ ସୁରକ୍ଷା ସଂଗଠନ ତଥା ରାଜ୍ୟସ୍ତରୀୟ ସାମ୍ବାଦିକ, ସ୍ତମ୍ଭକାର, ଓଡ଼ିଶା ନ୍ୟୁଜ୍ ସର୍ଭିସ, ସାମନ୍ତରାପୁର, ପୁରୁଣା ଭୁବନେଶ୍ୱର-୨, ମୋ: ୯୪୩୮୪୪୬୫୭୫)*

## 'ସେ ପରା ଶ୍ରୀଜଗନ୍ନାଥ', 'ଅନନ୍ୟ ଶ୍ରୀଜଗନ୍ନାଥ' ଓ 'ପାରି କର ଜଗନ୍ନାଥ' ପୁସ୍ତକ ଲୋକାର୍ପିତ

ଖୋର୍ଦ୍ଧା (ପିଏନ୍): ଲୋକପ୍ରିୟ କବି ପ୍ରକୃତିବଂଧୁ ରାଜକିଶୋର ପାଣିଗ୍ରାହୀଙ୍କ ରଚିତ ଶ୍ରୀ ଜଗନ୍ନାଥଙ୍କ ସମ୍ବନ୍ଧୀୟ ୩ଟି କବିତା ପୁସ୍ତକ 'ସେ ପରା ଶ୍ରୀଜଗନ୍ନାଥ', 'ଅନନ୍ୟ ଶ୍ରୀଜଗନ୍ନାଥ' ଓ 'ପାରି କର ଜଗନ୍ନାଥ' ମିଳିତ ସାହିତ୍ୟ ସଂସଦ ଆନୁକୁଲ୍ୟରେ କଂଟାବାଡ଼ ଶ୍ରୀ ବାଲୁଙ୍କେଶ୍ୱର ଦେବ ମନ୍ଦିର ପରିସରରେ ଲୋକାର୍ପିତ ହୋଇଯାଇଛି। ଐତିହାସିକ ସତ୍ୟବାଦୀ ବଳିଆରସିଂହଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ସାହିତ୍ୟିକା, ପ୍ରବଚିକା ଡ. ପ୍ରତିଭା ମହାରଥୀ ଯୋଗଦେଇ ଶ୍ରୀ ଜଗନ୍ନାଥଙ୍କ ଅଲୌକିକତା ସଂପର୍କରେ ତାତ୍ତ୍ୱିକ ଆଲୋଚନା କରି ପୁସ୍ତକଗୁଡ଼ିକ ଜନପ୍ରିୟତା ଲାଭ କରିବ ବୋଲି ଆଶାପୋଷଣ କରିଥିଲେ। ମୁଖ୍ୟବକ୍ତା ଅଧ୍ୟାପକ ଡ. ଗୁରୁପ୍ରସାଦ ମହାପାତ୍ର ଧାର୍ମିକ ବିଚାରଧାରା ମଣିଷ ଜୀବନକୁ ସନ୍ତୁଳିତ କରିଥାଏ ବୋଲି ମତ ଦେଇଥିଲେ। ସମ୍ମାନିତ ଅତିଥି ପଣ୍ଡିତ ନୀରଦ ଚନ୍ଦ୍ର ଆଚାର୍ଯ୍ୟ ନିଜ ବକ୍ତବ୍ୟରେ ପ୍ରକାଶ କରିଥିଲେ ଯେ, ଜଗନ୍ନାଥ, ବଳଭଦ୍ର, ସୁଭଦ୍ରା ବିଭିନ୍ନ ରୂପରେ, ବିଭିନ୍ନ ତତ୍ତ୍ୱରେ ବିଦ୍ୟମାନ। ପୁସ୍ତକର ଲେଖକ ଶ୍ରୀ ପାଣିଗ୍ରାହୀ ଆବେଗଭରା ଭାଷାରେ ନିଜର କୃତଜ୍ଞତା ଜଣାଇଥିଲେ। ମହାବାହୁଙ୍କ ଆଶୀର୍ବାଦ ଓ ଦୟା ନଥିଲେ ଗୀତି କବିତାଗୁଡ଼ିକୁ ରଚନା କରିବା ସଭଂବ ହୋଇପାରିନଥାନ୍ତା ବୋଲି ସେ କହିଥିଲେ। ସଭାପତି ଶ୍ରୀ ବଳିଆରସିଂହ କହିଥିଲେ ଯେ, ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଭାଷା ହେଉଛି ଓଡ଼ିଆ। ସେହି ଓଡ଼ିଆ ଭାଷାକୁ ବଂଚାଇ ରଖିବା ପାଇଁ ରାଜକିଶୋର ପାଣିଗ୍ରାହୀ ପ୍ରୟାସ କରିଛନ୍ତି। ଏହି କାର୍ଯ୍ୟକ୍ରମରେ କାର୍ତିକେୟ ପାଣିଗ୍ରାହୀ ଅତିଥି ପରିଚୟ, ଗାୟକ ଭାଷାରତ୍ନ ଖଗେଶ୍ୱର ମାର୍ଥା ମଂଗଳାଚରଣ, ଚକ୍ରଧର ମହାପାତ୍ର ଓ ଚକ୍ରଧର ଦେବତା ପାଲା ଏବଂ ରମେଶ ଚନ୍ଦ୍ର ମହାପାତ୍ର ଭଜନ ପରିବେଷଣ କରିଥିଲେ। ପୁସ୍ତକର ମଲାଟ ଓ ଅକ୍ଷର ସଜ୍ଜା କରିଥିବା ଦିଲୀପ ପାଣିଗ୍ରାହୀ, ମାନସ ରଂଜନ ଦାଶ ଓ ଶ୍ରୀ ବାଲୁଙ୍କେଶ୍ୱର ମନ୍ଦିରର ପୂଜକ କାଇନାଥ ମହାପାତ୍ରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କବି ଅଖିଳେଶ ମହାପାତ୍ରଙ୍କ ସଂଯୋଜିତ ଏକପଦୀ କବିତା ପାଠୋତ୍ସବରେ ବୈଷ୍ଣବ କବି ରବି ଦାସ, ଡ. ଶରତ କୁମାର ଚଉଁରୀ, ନରୋତମ ବେହେରା, ବାସନ୍ତୀ ସାହୁ, ବଂଶୀଧର ପଣ୍ଡା, ଗଙ୍ଗାଧର ଓଝା, ସବିତା ପଣ୍ଡା, ବିନୋଦ ରାଉତରାୟ, ନାରାୟଣ ଶୁକ୍ଳା, ରାଧାମଣି ମହାପାତ୍ର, ପ୍ରତିମା ପ୍ରଧାନ, କ୍ଷେତ୍ରବାସୀ ମଲ୍ଲିକ ପ୍ରମୁଖ ଅଂଶଗ୍ରହଣ କରିଥିଲେ। ସର୍ବଶ୍ରୀ ଶ୍ରୀକାନ୍ତ ବାହିନୀପତି, ଚକ୍ରଧର ପଣ୍ଡା, ନିରଂଜନ ପାଣିଗ୍ରାହୀ କାର୍ଯ୍ୟକ୍ରମ ପରିଚାଳନା କରିଥିବାବେଳେ ଶିକ୍ଷୟିତ୍ରୀ ସୁଜାତା ସାହୁ ଓ ଝୁନୁବାଳା ପୃଷ୍ଟି ଅଭ୍ୟର୍ଥନା ଦାୟିତ୍ୱରେ ଥିଲେ। ସୁବାସ ଚନ୍ଦ୍ର ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ରାଜ୍ୟ ରେଡକ୍ରସ ତରଫରୁ ଜିଲ୍ଲା ଶାଖା କମିଟିକୁ କିଟ୍ସ ପ୍ରଦାନ

ବାଲେଶ୍ୱର (ପିଏନ୍)- କରୋନା ମହାମାରୀ ଓମିକ୍ରନ ଏବଂ ସମ୍ଭାବ୍ୟ ଡେଲଟାକନ୍‌କୁ ମୁକାବିଲା କରିବା ନିମନ୍ତେ ସମସ୍ତ ବିପର୍ଯ୍ୟୟରେ ଉପସ୍ଥିତ ରହି ପରିସ୍ଥିତିକୁ ସାମ୍ନା କରିବା ଭଳି ସଚେତନତା ସୃଷ୍ଟି କରୁଥିବା ରେଡକ୍ରସ ସ୍ୱେଚ୍ଛାସେବୀ ମାନେ ଜନସାଧାରଣ ସଚେତନ ନିମନ୍ତେ ଭାରତୀୟ ରେଡକ୍ରସ ସୋସାଇଟି ରାଜ୍ୟଶାଖାର ଅବୈତନିକ ସଂପାଦିକା ମିସ୍ ସି ଟି ଏମ ସୁଗୁନାଙ୍କ ନିର୍ଦ୍ଦେଶମତେ ରେଡକ୍ରସ ରାଜ୍ୟ ବିପର୍ଯ୍ୟୟ ପ୍ରଶାସନ ସଂଯୋଜକ ଅକ୍ଷୟକୁମାର ଦାସ ଏବଂ ସହଯୋଗୀମାନେ ଜିଲ୍ଲା କମିଟିକୁ ଏକ ହଜାର କିଟ୍ସ ପ୍ରଦାନ କରିଛନ୍ତି। ଜିଲ୍ଲାପାଳଙ୍କ ନିର୍ଦ୍ଦେଶମତେ ବ୍ଲକ ଓ ତହସିଲ ପ୍ରଶାସନଙ୍କ ସହଯୋଗରେ ସଚେତନତା କ୍ୟାମ୍ପ କରି ସମସ୍ତ ବ୍ଲକରେ ରେଡକ୍ରସ ସଦସ୍ୟ ମାନଙ୍କ ଦ୍ୱାରା ଏକ ହଜାର କିଟ୍ସଗୁଡ଼ିକ ସମାନୁପାତିକ ବ ନ କରାଯିବ ବୋଲି କାର୍ଯ୍ୟକରୀ ସଂପାଦକ ଶ୍ରୀ ରାଉତ ପ୍ରକାଶ କରିଛନ୍ତି।

## ଢିଙ୍କିଆରୁ ପୋଲିସ ପ୍ରତ୍ୟାହାର ପାଇଁ ମିଳିତ ରାଜନୈତିକ ଦଳମାନଙ୍କ ବୈଠକରେ ଦାବି

ଭୁବନେଶ୍ୱର (ପିଏନ୍)–ଜଗତ୍‌ସିଂହପୁର ଜିଲ୍ଲାର ଢିଙ୍କିଆ ଚାରିଦେଶରେ ନିଜର ଜୀବନ, ଜୀବିକା ଓ ଭିଟାମାଟିର ସୁରକ୍ଷା ପାଇଁ ଜିନ୍ଦଲ ଷ୍ଟିଲ୍ କମ୍ପାନୀ ବିରୁଦ୍ଧରେ ଜନସାଧାରଣଙ୍କ ଶାନ୍ତିପୂର୍ଣ୍ଣ ଆନ୍ଦୋଳନ ଉପରେ ପୋଲିସ ଦମନକୁ ବିରୋଧ କରି ଆଜି ଭୁବନେଶ୍ୱର ଭଗବତୀ ଭବନରେ ସିପିଆଇ, କଂଗ୍ରେସ, ସିପିଆଇ (ଏମ୍), ସିପିଆଇଏମ୍‌ଏଲର ଲିବରେସନ, ଅଲ୍ ଇଣ୍ଡିଆ ଫରୱାର୍ଡ ବ୍ଲକ ପକ୍ଷରୁ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ପୋସ୍କୋ ପ୍ରକଳ୍ପ ଢିଙ୍କିଆ ଚାରିଦେଶରୁ ଅପସରି ଗଲାପରେ ରାଜ୍ୟ ସରକାର ଜିନ୍ଦଲ ଷ୍ଟିଲ୍ ଆଣ୍ଡ ପାୱାର କମ୍ପାନୀକୁ ଉକ୍ତ ଜାଗା ଦେବା ପାଇଁ ଯୋଜନା କରି ରାଜ୍ୟ ଓ ଜିଲ୍ଲା ପ୍ରଶାସନ ଶାନ୍ତିପୂର୍ଣ୍ଣ ଆନ୍ଦୋଳନକାରୀଙ୍କ ଉପରେ ଦମନ ଲୀଳା ଚଳାଇ ବଳ ପ୍ରୟୋଗ କରି ଲୋକଙ୍କର ଜମି, ପାନବରଜ ଅକ୍ତିଆର କରିନେଉଛି। ଢିଙ୍କିଆ ଗ୍ରାମର ସମସ୍ତ ପ୍ରବେଶପଥରେ ଶତାଧିକ ପୋଲିସ ମୁତୟନ କରି ଲୋକଙ୍କ ମଧ୍ୟରେ ସରକାର ଆତଙ୍କ ସୃଷ୍ଟି କରୁଛନ୍ତି। ଚାଷବାସ, ସ୍ୱାସ୍ଥ୍ୟସେବା ପାଇଁ ଲୋକେ ଗ୍ରାମରୁ ବାହାରିଲେ ଲୋକଙ୍କୁ ଗିରଫ କରିନିଆଯାଉଛି। ବର୍ତ୍ତମାନ ସୁଦ୍ଧା ଅନେକ ନିରୀହ ଲୋକଙ୍କୁ ଗିରଫ କରିସାରିଲେଣି। ଗଣତାନ୍ତ୍ରିକ ରାଷ୍ଟ୍ରରେ ପୋଲିସର ଏପରି ଅମାନବୀୟ ଘଟଣାକୁ ବୈଠକରେ ତୀବ୍ର ନିନ୍ଦା କରାଯାଇ ତୁରନ୍ତ ପୋଲିସ ପ୍ରତ୍ୟାହାର କରିନେବା ପାଇଁ ଦାବି କରାଯାଇଛି। ଓଡ଼ିଶାର ମାନ୍ୟବର ରାଜ୍ୟପାଳଙ୍କୁ ଏକ ପ୍ରତିନିଧି ଦଳ ସାକ୍ଷାତ କରି ତୁରନ୍ତ ହସ୍ତକ୍ଷେପ କରିବାକୁ ଦାବି କରାଯିବା ସହିତ ପୋଲିସ (ଡିଜି)ଙ୍କୁ ମଧ୍ୟ ସାକ୍ଷାତ କରିବାକୁ ବୈଠକରେ ସ୍ଥିର କରାଯାଇଛି। ଖୁବ୍ କମ୍ ଦିନ ମଧ୍ୟରେ ଏକ ପ୍ରତିନିଧି ଦଳ ଢିଙ୍କିଆ ଗସ୍ତ କରି ଜନସାଧାରଣଙ୍କ ସମସ୍ୟା ବୁଝିବା ସହିତ ଜିନ୍ଦଲ ବିରୋଧି ଆନ୍ଦୋଳନକୁ ଆହୁରି ସଂଗଠିତ କରିବାକୁ ନିଷ୍ପତ୍ତି ଗ୍ରହଣ କରାଯାଇଛି। ଏହି ବୈଠକରେ ସିପିଆଇ ରାଜ୍ୟ ସମ୍ପାଦକ ଆଶିଷ କାନୁନ୍‌ଗୋ, ଅଭୟ ସାହୁ, କ୍ଷୀରୋଦ ସିଂହଦେଓ, କଂଗ୍ରେସର ବରିଷ୍ଠ ନେତା ସୁଦର୍ଶନ ଦାସ, ଶିବାନନ୍ଦ ରାୟ, ସିପିଆଇ(ଏମ୍) ପକ୍ଷରୁ ଜଗନ୍ନାଥ ମିଶ୍ର, ସିପିଆଇ (ଏମ୍.ଏଲ.) ଲିବରେସନର ରାଜ୍ୟ ସମ୍ପାଦକ ଯୁଧିଷ୍ଠିର ମହାପାତ୍ର ଓ ଏଆଇଏଫବି ପକ୍ଷରୁ ଜ୍ୟୋତିରଞ୍ଜନ ମହାପାତ୍ର ପ୍ରମୁଖ ଯୋଗ ଦେଇଥିଲେ।


**DISPLAY CLASSIFIED**

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତ୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠିରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# ଡଃ.ଶ୍ରୀଧର ସାମଲଙ୍କ କବିତା ସଙ୍କଳନ ପୁସ୍ତକ ନିଃଶବ୍ଦ ଆଳାପ ଲୋକାର୍ପିତ

କେନ୍ଦ୍ରାପଡା,(ପିଏନ)- କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ପ୍ରାଧ୍ୟାପକ ଡଃ.ଶ୍ରୀଧର ସାମଲଙ୍କ ଦ୍ୱାରା ରଚିତ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଶୁକ୍ରବାର ସ୍ଥାନୀୟ ଭାରତୀ ବିଦ୍ୟା ମନ୍ଦିର ପରିସରରେ ଅନୁଷ୍ଠିତ ଉତ୍ସବରେ ଲୋକାର୍ପଣ କରାଯାଇଛି । ଏହି ଉପଲକ୍ଷେ ଅବସରପ୍ରାପ୍ତ ପ୍ରାଧ୍ୟାପକ ମୋହନ ଚରଣ ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଭୁବନେଶ୍ୱରର ବନଫୁଲ ପ୍ରକାଶନୀ ଦ୍ୱାରା ପ୍ରକାଶିତ ପୁସ୍ତକ ଲୋକାର୍ପଣ ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରାଧ୍ୟାପକ ଡଃ.ରାଜେନ୍ଦ୍ର ପ୍ରସାଦ ତ୍ରିପାଠୀ, ପ୍ରାଧ୍ୟାପକ ନନ୍ଦ କିଶୋର ପରିଡା, ଓଡିଶା ସାହିତ୍ୟ ଏକାଡେମୀର ସଦସ୍ୟ ସରୋଜ କୁମାର ମହାନ୍ତି, ସାହିତ୍ୟିକ ଡଃ.ବାସୁଦେବ ଦାସ, ପ୍ରାଧ୍ୟାପକ ତପନ କୁମାର ପତି ପ୍ରମୁଖ ଯୋଗଦେଇ କବି ଡଃ.ସାମଲଙ୍କ ରଚିତ କବିତା ସଙ୍କଳନ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଲୋକାର୍ପିତ କରିଥିଲେ । ପୁସ୍ତକ ରଚୟିତା ଡଃ.ସାମଲ ଏକାଧାରରେ ଜଣେ କବି, ପ୍ରାବନ୍ଧିକ,ସୁବକ୍ତା ଓ ପ୍ରକୃତିପ୍ରିୟ ମଣିଷ । ବିଶ୍ୱ ବିଖ୍ୟାତ ପର୍ଯ୍ୟଟନକ୍ଷେତ୍ର ଭିତରକନିକା ଉପରେ ନିବନ୍ଧ ରଚନା କରିବା ସହ ଆକାଶବାଣୀ,କଟକ କେନ୍ଦ୍ରରେ ସୁବକ୍ତା ଭାବରେ ତାଙ୍କର ଉପଲବ୍ଧି ସବୁଠି ରହିଛି । ତାଙ୍କର ଅନେକ ନିବନ୍ଧ ଜାତୀୟ ଓ ଅନ୍ତର୍ଯ୍ୟାତୀୟ ପତ୍ରପତ୍ରିକାରେ ପ୍ରକାଶ ପାଇ ବିପୁଳ ପାଉଠକୀୟତା ଅର୍ଜନ କରିଛି । ଡଃ.ସାମଲ ଅଧୁନା କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଭୁଗୋଳ ବିଭାଗର ପ୍ରାଧ୍ୟାପକ ତଥା ବିଭାଗୀୟ ମୁଖ୍ୟ ଭାବେ କାର୍ଯ୍ୟରତ ଓ ଇନ୍ଦିରାଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱ ବିଦ୍ୟାଳୟ(ଇଗ୍ନୋ), ନୂଆଦିଲ୍ଲୀର ସଂଯୋଜକ ଏବଂ ଓଡିଶା ସରକାରଙ୍କ ବାଳିକା ଆତ୍ମ ସୁରକ୍ଷା କାର୍ଯ୍ୟକ୍ରମର ଜିଲ୍ଲା ସଂଯୋଜକ ଅଛନ୍ତି । ତାଙ୍କର ଏହି ଭିନ୍ନ ସ୍ୱାଦର କବିତା ସଙ୍କଳନଟି ପାଠକ ମହଲରେ ବିଶେଷ ଆଦୃତ ହେବ ବୋଲି ବକ୍ତାମାନେ ମତବ୍ୟକ୍ତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଏହି ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଉପାଧ୍ୟକ୍ଷ ପ୍ରଫେସର ଗୋପାଳ ଚନ୍ଦ୍ର ବେହେରା, ମାର୍ଶାଘାଇ ମହାବିଦ୍ୟାଳୟର ଅଧ୍ୟକ୍ଷ ଡଃ. ଅମୀୟ ଜେନା, ପ୍ରାଧାପକ ଜତୀନ୍ଦ୍ର କୁମାର ରାଉତ, ତ୍ରିଲୋଚନ ପ୍ରଧାନ, କବି ପ୍ରେମାନନ୍ଦ ଖଣ୍ଡୁଆଳ, ବୃନ୍ଦାବନ ଦାସ, ନଳିନୀ ବେହେରା, କ୍ରୀଡା ଶିକ୍ଷକ ଜ୍ୟୋତିର୍ମୟ ଦାସ ପ୍ରମୁଖ ବହୁ ସାହିତ୍ୟପ୍ରେମୀ ଓ ବିଶିଷ୍ଟବ୍ୟକ୍ତିମାନେ ଉପସ୍ଥିତ ଥିଲେ ।

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଳା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଡ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/ ୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।


2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com

Find us on
Facebook.com/Mps, Baripada

